୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

# ପର୍ଯ୍ୟବେକ୍ଷକ

PARYABEKHYAK | पर्यवेक्षक

Vol.27. No.50 Bhubaneswar Monday March 31 2025 | ୨୭ତମ ବର୍ଷ ସଂଖ୍ୟା–୫୦ ଭୁବନେଶ୍ୱର, ସୋମବାର, ମାର୍ଚ୍ଚ ୩୧, ୨୦୨୫ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## କାମାକ୍ଷା ଏକ୍ସପ୍ରେସ ଦୁର୍ଘଟଣାର ତଦନ୍ତ କଲେ ଦକ୍ଷିଣ ପୂର୍ବ ସର୍କଲର ରେଳବାଇ ନିରାପତ୍ତା କମିଶନର



ଚୌଦ୍ୱାର,୩୦ ।୩(ପି.ଏନ): କାମାକ୍ଷା ଏକ୍ସପ୍ରେସ ଦୁର୍ଘଟଣାର ତଦନ୍ତ କଲେ ଦକ୍ଷିଣ ପୂର୍ବ ସର୍କଲର ରେଳବାଇ ନିରାପତ୍ତା କମିଶନର ବ୍ରିଜେଶ ମିଶ୍ର। ତାଙ୍କ ନେତୃତ୍ୱରେ ଗଠିତ କମିଟି ଦୁର୍ଘଟଣାର କାରଣ ଖୋଜିଛନ୍ତି। ତଦନ୍ତ ବେଳେ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ। ସେପଟେ ମୃତକଙ୍କ ସମ୍ପର୍କୀୟଙ୍କ ଲାଗି ୫ ଲକ୍ଷ ଟଙ୍କାର ସହାୟତା ରାଶି ଘୋଷଣା କରାଯାଇଛି। ଏହା ସହ ଗୁରୁତର ହୋଇଥିବା ବ୍ୟକ୍ତିଙ୍କୁ ୨ ଲକ୍ଷ ୫୦ ହଜାର ଓ ସାମାନ୍ୟ ଆହତ ବ୍ୟକ୍ତିଙ୍କୁ ୫୦ ହଜାର ଟଙ୍କା ସହାୟତା ଘୋଷଣା କରାଯାଇଛି। ଦୁର୍ଘଟଣାରେ ଆହତ ବ୍ୟକ୍ତିଙ୍କୁ ତୁରନ୍ତ ମେଡିକାଲ ସହାୟତା ଦିଆଯାଇଛି। ଗତକାଲି ଦୁର୍ଘଟଣା ପରେ ପ୍ରାୟ ୨୪ଟି ଟ୍ରେନର ଗତିପଥରେ ହୋଇଥିଲା ପରିବର୍ତ୍ତନ। ଆହତ ବ୍ୟକ୍ତିଙ୍କୁ ଗତକାଲି କଟକ ବଡ଼ ମେଡିକାଲରେ ଚିକିତ୍ସା କରାଯାଇଥିଲା। ସାମାନ୍ୟ ଆହତ ବ୍ୟକ୍ତିଙ୍କୁ ପ୍ରାଥମିକ ଚିକିତ୍ସା ପରେ ଛାଡ଼ି ଦିଆଯାଇଥିଲା। ଗତକାଲି କଟକ ନିର୍ଗୁଣ୍ଡି ଷ୍ଟେସନରେ ବେଙ୍ଗାଲୁରୁ-କାମାକ୍ଷା ଏକ୍ସପ୍ରେସର ୧୧ଟି ଏସି ବଗି ହୋଇଥିଲା ଲାଇନଚ୍ୟୁତ। ଦୁର୍ଘଟଣା ପରେ ଏନଡିଆରଏଫ ଓ ଅଗ୍ନିଶମ ବାହିନୀ ପକ୍ଷରୁ ରେସ୍କ୍ୟୁ ଅପରେସନ ଆରମ୍ଭ ହୋଇଥିଲା।

## କଂଗ୍ରେସ ଆନ୍ଦୋଳନ ବେଳେ ଗଣ୍ଡଗୋଳ ଘଟଣା, ଆଉ ଜଣେ ଗିରଫ



ଭୁବନେଶ୍ୱର,୩୦ ।୩(ପି.ଏନ): କଂଗ୍ରେସ ଆନ୍ଦୋଳନ ବେଳେ ଗଣ୍ଡଗୋଳ ଘଟଣା। ଆଉ ଜଣଙ୍କୁ ଗିରଫ କଲା କମିଶନରେଟ ପୋଲିସ । ଗିରଫ ଅଭିଯୁକ୍ତ ଜଣଙ୍କ ହେଲେ ଚନ୍ଦନ ସାହୁ ଓରଫ ବାପି । ଚନ୍ଦନଙ୍କ ଘର ଜଟଣୀ ଥାନା ଅନ୍ତର୍ଗତ ହରିପୁର। ତଦନ୍ତ ବେଳେ ଅଭିଯୁକ୍ତ ଜଣଙ୍କ ପୋଲିସ ଉପରକୁ ପଥର ଓ ଚେୟାର ଫିଙ୍ଗିଥିବା ଜାଣିବାକୁ ପାଇଛି ପୋଲିସ । ପୂର୍ବରୁ ଅଭିଯୁକ୍ତ ଜଣଙ୍କ ନାଁରେ ମଞ୍ଚେଶ୍ୱରରେ ୨ ଟି ଓ ଖାରବେଳନଗରରେ ୨ ଟି ମାମଲା ରହିଛି । ଗତକାଲି ଏହି ମାମଲାରେ ଆଉ ଜଣେ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି । କଂଗ୍ରେସ ଆନ୍ଦୋଳନ ବେଳେ ପୋଲିସ ଉପରକୁ ଆକ୍ରମଣ, ପୋଲିସ ଭ୍ୟାନ ପୋଡି ଉଦ୍ୟମ ଓ ବିଧାନସଭା ଗେଟ ସମ୍ମୁଖରେ ଉତ୍ତେଜନାକୁ ନେଇ ୩ ଟି ମାମଲା ରୁଜୁ କରାଯାଇଛି । ଅନ୍ୟ ଯେଉଁମାନେ ମଧ୍ୟ ଏଥିରେ ସାମିଲ ଅଛନ୍ତି, ସେମାନଙ୍କୁ ଧରିବା ପାଇଁ ସ୍ପେଶାଲ ଟିମ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଥିବା କହିଛନ୍ତି ଭୁବନେଶ୍ୱର ଡିସିପି ।

## ନାରୀ ନିର୍ଯାତନା ପ୍ରସଙ୍ଗ ଉଠିଲେ ଚିହିଁକି ଉଠୁଛି ଶାସକ ଦଳ



ଭୁବନେଶ୍ୱର,୩୦ ।୩(ପି.ଏନ): ରାଜ୍ୟରେ ବିଜେପି ସରକାରକୁ ଡର। ନାରୀ ନିର୍ଯାତନା ପ୍ରସଙ୍ଗ ଉଠିଲେ ଚିହିଁକି ଉଠୁଛି। କାହିଁକି ଚଳାଇଛନ୍ତି ଦମନଲୀଳା। ବିଜେପି ସରକାରକୁ ଏଭଳି ଢଙ୍ଗରେ ପ୍ରଶ୍ନ କରିଛନ୍ତି ପିସିସି ସଭାପତି। ନାରୀ ନିର୍ଯାତନା ପ୍ରସଙ୍ଗରେ ବିଧାନସଭା ଓ ରାଜ୍ୟବ୍ୟାପୀ ଆନ୍ଦୋଳନକୁ ଜୋରଦାର କଲା ପରେ କଂଗ୍ରେସ ବିରୋଧରେ ଶକ୍ତ ହୋଇଛି ବିଜେପି। ବିଧାନସଭା ଘେରାଉ ବେଳେ କଂଗ୍ରେସ ନେତା ଓ କର୍ମୀଙ୍କ ବିରୋଧରେ ନିଆଗଲା ମାତ୍ରାଧିକ କାର୍ଯ୍ୟାନୁଷ୍ଠାନ। ଆଜି ମୁଖ୍ୟମନ୍ତ୍ରୀଙ୍କ କଳାହାଣ୍ଡି ଗସ୍ତ ବେଳେ ବହୁ କଂଗ୍ରେସ କର୍ମୀଙ୍କୁ ଅଟକ ରଖିବାକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି କଂଗ୍ରେସ। ଦଳ କହିଛି, ଏଠି ଅପରାଧୀ ନୁହେଁ, ରାଜନେତାଙ୍କୁ ଭୟ କରୁଛନ୍ତି ସରକାର ଓ ମୁଖ୍ୟମନ୍ତ୍ରୀ। ପୋଲିସ ସାଜିଛି ଶାସକ ଦଳର ଗୁଣ୍ଡା। ବିଧାନସଭା ଘେରାଉ ବେଳେ କଂଗ୍ରେସ କର୍ମୀଙ୍କ ଉପରେ ପଥର ଫିଙ୍ଗିଲା ଖାକି ବାହିନୀ। ଖାଲି ସେତିକି ନୁହେଁ, ମୁଖ୍ୟମନ୍ତ୍ରୀଙ୍କ ବାସଭବନ ନିକଟରେ ଏତେ ପରିମାଣରେ ??ଲା ପଥର କେଉଁଠୁ ଆସିଲା ବୋଲି ପ୍ରଶ୍ନ କରିଛନ୍ତି ପିସିସି ସଭାପତି। ନାରୀଙ୍କୁ ନ୍ୟାୟ ପାଇଁ କଂଗ୍ରେସ ଆଗାମୀ ଦିନରେ ଆହୁରି ୧୦ ଗୁଣ ଅଧିକ ଦମରେ ଲଢେଇ କରିବ ବୋଲି ଚେତାଇ ଦେଇଛନ୍ତି ପିସିସି ସଭାପତି। ସେପଟେ କଂଗ୍ରେସ ବିଧାୟକ ଦଳ ନେତା ମଧ୍ୟ ରାଜ୍ୟ ସରକାରଙ୍କ ଆକ୍ରୋଶମୂଳକ ଆଭିମୁଖ୍ୟକୁ ଦୃଢ଼ ନିନ୍ଦା କରିଛନ୍ତି। ସବୁ ସାମ୍ବିଧାନିକ ନୀତି ନିୟମକୁ ଉଲ୍ଲଙ୍ଘନ କରୁଛି ବିଜେପି। ନିର୍ବାଚିତ ଲୋକ ପ୍ରତିନିଧିଙ୍କୁ ବିଧାନସଭା ପରିସରକୁ ପଶିବାକୁ ଦିଆଯାଉ ନାହିଁ ଅନୁମତି। ଏନେଇ ଜନ ଜାଗରଣ ସୃଷ୍ଟି କରାଯିବା ସହ ବିଜେପିର ଏକଛତ୍ରବାଦ ନୀତି ବିରୋଧରେ ଆନ୍ଦୋଳନ କରିବ ଦଳ। ତେଣୁ ତୁରନ୍ତ ସରକାର ତୁରନ୍ତ ପ୍ରତିଶୋଧ ପରାୟଣ ରାଜନୀତିରୁ ଦୂରେଇ ରୁହନ୍ତୁ ବୋଲି କହି ଚେତାଇ ଦେଇଛନ୍ତି ପିସିସି ସଭାପତି। ରାଜ୍ୟସ୍ୱାର୍ଥ ପ୍ରସଙ୍ଗରେ ସ୍ୱର ଉଠାଇଲେ ବିରୋଧୀଙ୍କ ଉପରେ ରାଗ ସୁଝାଉଛି ବିଜେପି। ସରକାରଙ୍କ ଦୋଷ ଦୁର୍ବଳତାକୁ ପଦାରେ ପକାଇଲେ ନାଲି ଆଖି ଦେଖାଉଛି ଶାସକ ଦଳ। ବିରୋଧୀଙ୍କ ସ୍ୱରକୁ ଚପାଇ ଦିଆଯାଉଛି।

## ସାରା ରାଜ୍ୟରେ ବିଜେଡି ପାଳିବ ଓଡିଶା ଦିବସ

ଭୁବନେଶ୍ୱର,୩୦ ।୩(ପି.ଏନ): ସାରା ରାଜ୍ୟରେ ବିଜେଡି ପାଳିବ ଓଡିଶା ଦିବସ । ଆସନ୍ତା ଏପ୍ରିଲ ୧ରେ ଏହି ଦିବସ ପାଳନ କରିବାକୁ ନିଷ୍ପତ୍ତି ନେଇଛି ବିଜୁ ଜନତା ଦଳ । ଓଡିଶାର ଅନେକ ବରପୁତ୍ର ମାନଙ୍କ ସଂଘର୍ଷ, ତ୍ୟାଗ, ବଳିଦାନ ଫଳରେ ୧୯୩୬ ମସିହା ଏପ୍ରିଲ ୧ ତାରିଖ ଦିନ ଭାଷା ଭିତ୍ତିରେ ଓଡିଶା ସ୍ୱତନ୍ତ୍ର ପ୍ରଦେଶ ଗଠନ ହୋଇଥିଲା । ଏହି ଦିନକୁ ଓଡିଶାବାସୀଙ୍କ ପାଇଁ ଚିରସ୍ମରଣୀୟ କରିବାକୁ ଓଡିଶା ଦିବସ ଭାବେ ପାଳିତ ହେଉଛି । ବିଜୁ ଜନତା ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶ କ୍ରମେ, ରାଜ୍ୟର ପ୍ରତ୍ୟେକ ନିର୍ବାଚନମଣ୍ଡଳୀ ଓ ଜିଲ୍ଲା କାର୍ଯ୍ୟାଳୟରେ ବିଜେଡି ତରଫରୁ ଓଡିଶା ଦିବସ ପାଳନ ପାଇଁ ନିଷ୍ପତ୍ତି ନିଆଯାଇଛି । ସ୍ୱତନ୍ତ୍ର ଓଡିଶା ପ୍ରଦେଶ ଗଠନରେ ଅଗ୍ରଣୀ ଭୂମିକା ନିର୍ବାହ କରିଥିବା ବରପୁତ୍ରମାନଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ କରିବା ସହିତ ସେମାନଙ୍କ ଅବଦାନ ବିଷୟରେ ଆଲୋଚନା କରାଯିବ ।

## ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟକ୍ରମରେ ଜନ ଅସନ୍ତୋଷ, ଅଭିଯୋଗ ପାତ୍ର ଦେଇ ନପାରି ଅସନ୍ତୋଷ ପ୍ରକାଶ କଲେ ଲୋକେ



କଳାହାଣ୍ଡି,୩୦ ।୩(ପି.ଏନ): ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟକ୍ରମରେ ଜନ ଅସନ୍ତୋଷ । ଅଭିଯୋଗ ପାତ୍ର ଦେଇ ନପାରି ଅସନ୍ତୋଷ ପ୍ରକାଶ କରିଛନ୍ତି ସାଧାରଣ ଲୋକ । ଆଜି ମୁଖ୍ୟମନ୍ତ୍ରୀ କଳାହାଣ୍ଡିରେ ଅନ୍ତ୍ୟୋଦୟ ଗୃହ ଯୋଜନାର ଶୁଭାରମ୍ଭ କରିବା ସହ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ ଓ ଲୋକାର୍ପଣ କରିଛନ୍ତି । ତେବେ କାର୍ଯ୍ୟକ୍ରମ ଶେଷ ପରେ କିଛି ଲୋକ ନିଜ ନିଜ ଅଭିଯୋଗ ନେଇ ମୁଖ୍ୟମନ୍ତ୍ରୀଙ୍କୁ ଦେବା ପାଇଁ ଆସିଥିଲେ । ହେଲେ ପୋଲିସ୍ ଓ ଅଧିକାରୀମାନେ ସେମାନଙ୍କୁ ସାକ୍ଷାତ କରିବାକୁ ଦେଇନଥିଲେ ।




### ପବିତ୍ର ଇଦ୍-ଉଲ୍-ଫିତର –୨୦୨୫ ଅବସରରେ ମାନ୍ୟବର ରାଜ୍ୟପାଳଙ୍କ ବାର୍ତ୍ତା

ପବିତ୍ର ଇଦ୍-ଉଲ୍-ଫିତର ଅବସରରେ ମୁଁ ଆମ ରାଜ୍ୟର ସମସ୍ତ ମୁସଲମାନ ଭାଇଭଉଣୀମାନଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଉଛି । ଶାନ୍ତି-ମୈତ୍ରୀ-ହର୍ଷୋଲ୍ଲାସର ଏହି ପର୍ବରେ ସମସ୍ତେ ସାମିଲ ହେବା ସହ ମୁସଲମାନ ଭାଇଭଉଣୀମାନଙ୍କ ସର୍ବାଙ୍ଗୀନ ବିକାଶ ନିମନ୍ତେ କାର୍ଯ୍ୟ କରିବାକୁ ମୁଁ ଆହ୍ୱାନ ଜଣାଉଛି ।

(ଡ. ହରି ବାବୁ କମ୍ଭମ୍ପାଟି)

DSPL-439
15001/13/0465/2425

### ମୁଖ୍ୟମନ୍ତ୍ରୀଙ୍କ ଶୁଭେଚ୍ଛା



ଇଦ୍ ମୁବାରକ !

ପବିତ୍ର ଇଦ୍-ଉଲ୍-ଫିତର ପର୍ବ ଉପଲକ୍ଷେ ମୁସଲମାନ ଭାଇଭଉଣୀମାନଙ୍କୁ ମୋର ଆନ୍ତରିକ ଶୁଭେଚ୍ଛା ଜଣାଉଛି ଏବଂ ସମସ୍ତଙ୍କର ସୁଖ, ଶାନ୍ତି ଓ ସମୃଦ୍ଧି କାମନା କରୁଛି ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା






## ଟି ଟାଇମ୍

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ପଲ୍ଲୀ କବି ନନ୍ଦ କିଶୋର ବଳ



ଓଡିଶା ସାହିତ୍ୟର ପ୍ରାକ୍- ଆଧୁନିକ କାଳରେ ଜଣେ କବି ଥିଲେ। ସେ ଓଡିଶାର ପୁରପଲ୍ଲୀ ଉପରେ କାବ୍ୟ ରଚନା କରିଥିବାରୁ ତାଙ୍କୁ ପଲ୍ଲୀ କବି ବୋଲି ସମ୍ବୋଧନ କରାଯାଏ।

ସେ ଓଡିଶାର କଟକ ଜିଲ୍ଲା ଅନ୍ତର୍ଗତ କୁସୁପୁର ଗାଆଁରେ ଜନ୍ମଗ୍ରହଣ କରିଥିଲେ। ପିତାଙ୍କ ନାମ ଥିଲା ଭଜନାନନ୍ଦ ଜେନା ଓ ମାତାଙ୍କର ନାମ ହିରଣ୍ମୟୀ ଦେବୀ। ଶୈଶବରେ ସେ "ରସାନନ୍ଦ ଜେନା" ନାମରେ ପରିଚିତ ଥିଲେ। ପିଉସୀ ପୋଷ୍ୟପୁତ୍ର କରିନେବା ପରେ ସେ ନନ୍ଦକିଶୋର ବଳ ଭାବରେ ପରିଚିତ ହେଲେ। ବାଲ୍ୟ ଜୀବନ କୁସୁପୁରରେ ହିଁ କଟିଥିଲା। ଗାଁ ସ୍କୁଲରୁ ଆରମ୍ଭ କରି, ସେ କଟକ ଟାଉନ ସ୍କୁଲ, ରେଭେନ୍ସା କଲିଜିଏଟ ସ୍କୁଲ, କେନ୍ଦ୍ରାପଡା ଉଚ୍ଚ ଇଂରାଜୀ ବିଦ୍ୟାଳୟ ଓ ରେଭେନ୍ସା ମହାବିଦ୍ୟାଳୟରେ ଶିକ୍ଷାଲାଭ କରିଥିଲେ। ଭକ୍ତି କବି ବଧୁସୂଦନ ରାଓଙ୍କ ଦ୍ୱାରା ପ୍ରତିଷ୍ଠିତ କଟକରେ ଟାଉନ ସ୍କୁଲରୁ ନନ୍ଦ କିଶୋର ନିଜର ଚାକିରି ଜୀବନ ଆରମ୍ଭ କରିଥିଲେ। କିଛି ବର୍ଷ ପରେ, ସେ ସ୍କୁଲ ସବ୍‌ଇନସିପେକ୍ଟର ଭାବେ ପଦୋନ୍ନତି ପାଉଥିଲେ। ଏହି ଚାକିରିରେ ବାରମ୍ବାର ଗସ୍ତ ଓ ବଦଳି ଯୋଗୁଁ ତାଙ୍କ ଦେହ ଖରାପ ହେଉଥିଲା। ଏହି କାରଣରୁ ସେ ସ୍ୱେଚ୍ଛାକୃତ ଅବସର ନେଇ ଗାଁରେ ରହିବାକୁ ସ୍ଥିର କରିଥିଲେ। କିନ୍ତୁ ଚିକିତ୍ସା ପାଇଁ ତାଙ୍କୁ ପୁନର୍ବାର କଟକ ଆସିବାକୁ ପଡିଥିଲା। ୧୯୨୮ ମସିହା ଜୁଲାଇ ୧ ତାରିଖରେ ଇହଲିଳା ସମ୍ବରଣ କରିଥିଲେ।

ରଚନାବଳୀନନ୍ଦ କିଶୋର, କଲେଜରେ ପଢ଼ିଲା ବେଳୁହିଁ ପ୍ରବନ୍ଧ ଲେଖିବା ଆରମ୍ଭ କରିଥିଲେ। ନିଜର ପ୍ରଥମ ପ୍ରଥମ ପ୍ରବନ୍ଧକୁ ସେ "ପଲ୍ଲୀ ଚିତ୍ର" ନାମରେ କବିତାର ରୂପ ଦେଇଥିଲେ। ତାଙ୍କର ରଚନାବଳୀରେ ପଲ୍ଲୀ ପ୍ରକୃତିର ସୁନ୍ଦର ବର୍ଣ୍ଣନା ଫୁଟିଉଠିଥାଏ। ପିଲାମାନଙ୍କ ପାଇଁ ତାଙ୍କଦ୍ୱାରା ରଚିତ "ନାନା ବାୟା ଗୀତ" ଓଡିଶାର ପୁରପଲ୍ଲିରେ ବେଶ୍ ପ୍ରଚଳିତ। ସେ ୧୦୦ରୁ ଅଧିକ ସନେଟ ମଧ୍ୟ ଲେଖିଛନ୍ତି। ତାଙ୍କର ସନେଟ ଗୁଡିକ ପ୍ରକୃତି ଓ ଜନଜୀବନର ଛବିରେ ପୁଷ୍ଟ। ୧୯୨୫ରେ ସେ କନକଲତା (ଉପନ୍ୟାସ) ନାମରେ ଉପନ୍ୟାସଟିଏ ମଧ୍ୟ ରଚିଯାଇଛନ୍ତି।

## ପୁରାଣ କାହାଣୀ

# ରାମଙ୍କ ପିତୃସତ୍ୟ ପାଳନ



ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ବର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଙ୍କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ। ଏହା ଶୁଣି ରାମ ଧୀର ଚିତ୍ତରେ ପିତୃ-ସତ୍ୟ ପାଳନ ନିମନ୍ତେ କିଞ୍ଚିତ ଦୁଃଖ ପ୍ରକାଶ କଲେ ନାହି। ରାମଙ୍କର ଏହି ମହନୀୟତା ହିଁ ସାରା ରାମାୟଣରେ ଅନେକ ରୂପରେ ପ୍ରକାଶିତ ହୋଇଛି। ରାମଙ୍କର ଶତ ବାରଣ ସତ୍ତ୍ୱେ,ବନବାସ ବେଳେ ରାମଙ୍କର ଅନୁସରଣ କରିବା ପାଇଁ ଦେବୀ ସୀତା ଏବଂ ଭ୍ରାତା ଲକ୍ଷ୍ମଣ ଇଚ୍ଛା ପ୍ରକାଶ କଲେ। ରାମଙ୍କର ବାରଣର ଉତ୍ତରରେ ସୀତା କହନ୍ତି, ଆପଣଙ୍କ ପାଦ ଯେଉଁ ବନପ୍ରଦେଶରେ ପଡିମ ତାହା ମୋ ପାଇଁ ଅଯୋଧ୍ୟା ଆଉ ଆପଣଙ୍କ ବିନା ଆଯୋଧ୍ୟା ମଧ୍ୟ ମୋ ପାଇଁ ନର୍କ ସଦୃଶ। ଇତି ମଧ୍ୟରେ ଭାରତ, ଟିଏ କି ମାତୃଳଙ୍କ ଗୃହକୁ ବୁଲି ଯାଥିଲେ, ଏଖବର ଶୁଣି ଗଭୀର ଦୁଃଖ ପ୍ରକାଶ କଲେ। ରାଜା ହେବାର ସୁଯୋଗ ପରିତ୍ୟାଗ କରି ସେ ଭ୍ରାତା ରାମଙ୍କୁ ଦେଖା କରିବା ପାଇଁ ସେ ବନ ଗମନ କରି ରାମଙ୍କୁ ଦେଖା କଲେ। ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। କିନ୍ତୁ ରାମ ପିତୃ-ସତ୍ୟ ପାଳନ ନିମନ୍ତେ ସମସ୍ତ ଅନୁରୋଧକୁ ପ୍ରତ୍ୟାଖ୍ୟାନ କରି ବନବାସ ପୂର୍ବରୁ ରାଜ୍ୟକୁ ଫେରିବାକୁ ମନା କରିଦେଲେ। ତେବେ ଏକ ବିରଳ ଭ୍ରାତୃ ଭକ୍ତିର ଉଦାହରଣ ସ୍ୱରୂପ ଭରତ ଭ୍ରାତା ରାମଙ୍କ କଠଉ ଯୋଡିକ ମସ୍ତକରେ ଧାରଣ ପୂର୍ବକ ଫେରି ଆସିଲେ ଏବଂ ସିଂହାସନରେ ରାମଙ୍କ କଠଉ ସ୍ଥାପନ ପୂର୍ବକ ରାମଙ୍କ ପ୍ରତିନିଧି ଭାବରେ ରାଜ୍ୟ ଶାସନ କରିବାକୁ ଲାଗିଲେ।

# ରଣବୀର-କ୍ୟାଟ୍ରିନାଙ୍କୁ ନେଇ ଚର୍ଚ୍ଚା



ରଣବୀର କପୁର ଓ କ୍ୟାଟ୍ରିନା କୈଫଙ୍କ ଅଭିନୀତ ଫିଲ୍ମ 'ଜଗା ଜାସୁସ୍'ର ପ୍ରଥମ ପୋଷ୍ଟର ରିଲିଜ କରାଯାଇଛି। ୟୁଟିଭି ମୋଶନ ପିକଚର୍ସର ଟ୍ୱିଟରରେ ଏହି ପୋଷ୍ଟର ରିଲିଜ କରାଯାଇଛି। ଯେଉଁଥିରେ ଉଭୟ ରଣବୀର ଓ କ୍ୟାଟ୍ରିନାଙ୍କୁ ଓଟପକ୍ଷୀ ଉପରେ ବସି ଯାଉଥିବାର ଦେଖିବାକୁ ମିଳିଛି। ଦୁଇଜଣଙ୍କ ଲୁକ୍ ମଧ୍ୟ ଖୁବ୍ ମଜାଳିଆ ହୋଇଛି। ଯାହାକୁ ଦେଖିବା ପରେ ଫିଲ୍ମ ରିଲିଜର ଅପେକ୍ଷାରେ ରହିଛନ୍ତି ଦର୍ଶକ। ଫିଲ୍ମକୁ ନେଇ ବ୍ୟଗ୍ରତାର ଅନ୍ୟ ଏକ କାରଣ ହେଉଛି ବ୍ରେକଅପ୍ ପରେ ପୁଣିଥରେ ରଣବୀର ଓ କ୍ୟାଟ୍ରିନାଙ୍କୁ ଏଥିରେ ଏକାଠି ଦେଖିବାକୁ ମିଳିବ। ଯାହା ସେମାନଙ୍କ ପ୍ରଶଂସକଙ୍କ ପାଇଁ ଖୁସିର ମୁହୂର୍ତ୍ତ। ତେବେ ଅନୁରାଗ ବସୁଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟି ଚଳିତ ବର୍ଷ ୨୭ ନଭେମ୍ବରରେ ରିଲିଜ କରାଯାଇଥା'ନ୍ତା। ମାତ୍ର ରଣବୀର ଓ କ୍ୟାଟ୍ରିନାଙ୍କ ବ୍ରେକଅପ୍ ଏବଂ ଦୁଇଜଣଙ୍କ ବ୍ୟସ୍ତ ସିଡ୍ୟୁଲକୁ ନେଇ ଫିଲ୍ମଟି ନିର୍ଦ୍ଧାରିତ ସମୟରେ ଶେଷ ହୋଇପାରିନଥିଲା। ତେଣୁ ଏହାର ରିଲିଜ ଡେଟ୍‌କୁ ଘୁଞ୍ଚାଯାଇ ଆସନ୍ତା ବର୍ଷ ଅପ୍ରେଲ ୭ ତାରିଖକୁ ରଖାଯାଇଛି।

# ଉଚ୍ଚ ରକ୍ତଚାପରୁ ରକ୍ଷା କରିବ ଗଭୀର ନିଃଶ୍ୱାସ



ଶରୀରରେ ଯେକୌଣସି ରୋଗର ଉପସ୍ଥିତି ଅଧିକାଂଶ ଲୋକଙ୍କୁ ବହୁତ ଡେରିରେ ଜଣା ପଡ଼ିଥାଏ । ସେଭଳି ଏକ ରୋଗ ହେଉଛି ଉଚ୍ଚ ରକ୍ତଚାପ । ଉଚ୍ଚ ରକ୍ତଚାପକୁ ସାଇଲେଣ୍ଟ କିଲର କୁହାଯାଏ । ଯଦି ଆପଣ ସେଭଳି ସ୍ଥିତିରେ ଗତି କରୁଛନ୍ତି ଓ ଔଷଧପତ୍ର ଖାଇବା ଝାମେଲାରୁ ମୁକୁଳିବାକୁ ଚାହୁଁଛନ୍ତି ତେବେ ଆପଣ ଆପଣଙ୍କ ଲାଇଫ ଷ୍ଟାଇଲକୁ ବଦଳାନ୍ତୁ । ଦୀର୍ଘ ଶ୍ୱାସକ୍ରିୟାରେ ଆରାମ-କିଛି ବ୍ୟକ୍ତିଙ୍କର ରକ୍ତଚାପ ସନ୍ଧ୍ୟା ତୁଳନାରେ ସକାଳ ସମୟରେ ଅଧିକ ଥାଏ । ଏହାର କାରଣ ରାତିରେ ଅମ୍ଳଜାନର ଅଭାବ। ବିପି ନିୟନ୍ତ୍ରଣ ରଖିବା ପାଇଁ ଅମ୍ଳଜାନର ମୁଖ୍ୟ ଭୂମିକା ରହିଛି । ଏଥିପାଇଁ ଦିନବେଳେ ଶାନ୍ତ ପରିବେଶରେ ବସି ୧୦ ରୁ ୧୫ ଥର ପେଟ ଭିତରୁ ଦୀର୍ଘ ନିଃଶ୍ୱାସ ନେବା ଉଚିତ୍ । ଏସ୍‌ଏମ୍‌ଏସ୍ ଡାକ୍ତରଖାନାର ଫିଜିସିଆନ୍ ଡା. ସି.ଏଲ୍.ନବଲଙ୍କ କହିବା ଅନୁସାରେ ଗଭୀର ନିଃଶ୍ୱାସ ପ୍ରଶ୍ୱାସ ନେଲେ ଶରୀରରେ ଅମ୍ଳଜାନ ଓ ରକ୍ତ ସଞ୍ଚାଳନ ସୁଚାରୁ ରୂପେ ହୋଇଥାଏ । ତା'ସହିତ ମାନସିକ ରୂପରେ ଶାନ୍ତି ମିଳିଥାଏ ।

# ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

# ବିଲେଇକୁ ମିଳୁଛି ସରକାରୀ ଚାକିରି, ମୋଟା ଦରମା



ଲଣ୍ଡନ ଗୋଟିଏ ପଟେ ଦେଶରେ ବେରୋଜଗାରୀ ସମସ୍ୟା ବୃଦ୍ଧି ପାଉଥିଲା ବେଳେ ଅନ୍ୟପଟେ ଏଠି ବିଲେଇକୁ ପ୍ରଦାନ କରାଯାଉଛି ସରକାରୀ ଚାକିରି ଏବଂ ଚାକିରି ବାବଦରେ ମିଳୁଛି ମୋଟା ଦରମା। ନିକଟରେ ଦେଶର କ୍ୟାବିନେଟ୍ ଦୁଇ ବିଲେଇକୁ ସରକାରୀ ନିଯୁକ୍ତି ପାଇଁ ମଞ୍ଜୁର ଦେଇଛି। ଇବି ଏବଂ ଓସି ନାମକ ଏହି ଦୁଇ ବିଲେଇ ଏବେ ବ୍ରିଟିସ ସରକାରଙ୍କ କ୍ୟାବିନେଟ୍ କାର୍ଯ୍ୟାଳୟରେ ଚାକିରି କରୁଛନ୍ତି। ବିଲେଇଙ୍କୁ ନିଯୁକ୍ତି ଦିଆଯିବା ପୂର୍ବରୁ ବିଧିବଦ୍ଧ ଭାବେ ବିଜ୍ଞାପନ ଦିଆଯାଇଥିଲା। ବିଜ୍ଞାପନରେ ସେମାନଙ୍କର ଯୋଗ୍ୟତା ସହ ବାୟୋଡାଟା ମଧ୍ୟ ମଗାଯାଇଥିଲା। ଏହି ନିଯୁକ୍ତି ପାଇଁ ଅନେକ ଆବେଦନ ପତ୍ର ମିଳିଥିଲା ବେଳେ ଦକ୍ଷତାକୁ ଦୃଷ୍ଟିରେ ରଖି ଦୁଇ ବିଲେଇଙ୍କୁ ନିଯୁକ୍ତି ଦିଆଯାଇଛି। ଏମାନଙ୍କର ଦାୟିତ୍ୱ ହେଉଛି କ୍ୟାବିନେଟ୍ କାର୍ଯ୍ୟାଳୟରୁ ମୂଷା ମାରିବା। ଗତକିଛି ବର୍ଷ ଧରି ଏଠାର କ୍ୟାବିନେଟ୍ କାର୍ଯ୍ୟାଳୟରେ ମୂଷାଙ୍କ ଉତ୍ପାତ ବୃଦ୍ଧି ପାଉଥିଲା ବେଳେ ସେମାନଙ୍କ ଦ୍ୱାରା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ନଷ୍ଟ ହେବାରେ ଲାଗିଛି। ଯେଉଁ କାରଣରୁ ସରକାର ବାଧ୍ୟରେ ମୂଷା ନିୟନ୍ତ୍ରଣ ପାଇଁ ବିଲେଇ ନିଯୁକ୍ତି ଦେଇଛନ୍ତି।

# ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ଶୀତ ଋତୁରେ ରୋଗ ବେଶୀ



ଶୀତଋତୁ ଆସିଲେ ବିଭିନ୍ନ ପ୍ରକାର ରୋଗ ମଧ୍ୟ ସାଙ୍ଗରେ ଆଣି ଆସିଥାଏ । ଯେପରି ଥଣ୍ଡା, ସଂକ୍ରମଣ, ତ୍ୱଚ ଫାଟିବା ଇତ୍ୟାଦି । କେତେକ ଲୋକଙ୍କର ଭାବନା ରହିଥାଏ କି ସନସ୍କ୍ରିନ୍‌ର ପ୍ରୟୋଗ କେବଳ ଗ୍ରୀଷ୍ମ ଦିନମାନଙ୍କରେ କରାଯାଇଥାଏ କିନ୍ତୁ ଏପରି ଭାବିବା ସମ୍ପୂର୍ଣ୍ଣ ରୂପେ ଭୁଲ୍ । ଥଣ୍ଡା ଦିନମାନଙ୍କରେ ସୂର୍ଯ୍ୟ ଭୂପୃଷ୍ଠର ସବୁଠାରୁ ନିକଟତର ହୋଇଥାନ୍ତି । ଏଥିପାଇଁ ସୂର୍ଯ୍ୟଙ୍କ କିରଣ ଅଧିକ କ୍ଷତି ପହଞ୍ଚାଇଥାଏ । ଥଣ୍ଡା ଦିନମାନଙ୍କରେ କସରତ କରିବା କ୍ଷତିକାର ହୋଇପାରେ । ଏପରି ଭାବିବା ବିଲ୍‌କୁଲ୍ ଭୁଲ୍ । ବାସ୍ ଏହି କଥାର ଧ୍ୟାନ ରଖନ୍ତୁ କି ବାହାରକୁ ବାହାରିବା ପୂର୍ବରୁ ନିଜକୁ ଥଣ୍ଡାରୁ ବଞ୍ଚେଇବାର ସମସ୍ତ ଉପାୟକୁ ସାଙ୍ଗରେ ଧରି ଯାଆନ୍ତୁ । ଥଣ୍ଡା ଦିନମାନଙ୍କରେ ମଦ୍ୟପାନ କରିବା ଦ୍ୱାରା ଶରୀର ଗରମ ପହଞ୍ଚାଇଥାଏ ବୋଲି ଅନେକଙ୍କର ଭାବନା ରହିଥାଏ । କିନ୍ତୁ ବାସ୍ତବରେ ଏହା ଅଳ୍ପ କିଛି ସମୟ ପାଇଁ ଆପଣଙ୍କ ଶରୀରକୁ ଗରମ ରଖିଥାଏ । ଲମ୍ବା ସମୟ ପର୍ଯ୍ୟନ୍ତ ଏହା କାମ କରିନଥାଏ । ଅଧିକ ସମୟ ପର୍ଯ୍ୟନ୍ତ ଥଣ୍ଡାରେ ଘରଠୁ ବାହାରେ ରହିବା ଦ୍ୱାରା ରୋଗ ଆକ୍ରାନ୍ତ ହେବାର ଆଶଙ୍କା ଅଧିକ ରହିଥାଏ । ଏପରି ବିଲ୍‌କୁଲ୍ ନୁହେଁ । ଏହି ମୌସୁମୀରେ ଥଣ୍ଡା, କାଶ, କେବଳ ବ୍ୟାକ୍ଟେରିୟା ଏବଂ ସଂକ୍ରମଣ କାରଣରୁ ହିଁ ହୋଇଥାଏ । ଥଣ୍ଡା ମୌସୁମିରେ ଅଧିକ ଚିନ୍ତା ରହିଥାଏ । ଭିଟାମିନ୍ ସି ଇମ୍ୟୁନିଟିକୁ ବଢେଇଥାଏ ଏବଂ ଥଣ୍ଡା ଦିନମାନଙ୍କରେ ହେଉଥିବା ରୋଗ ମାନଙ୍କଠାରୁ ବଞ୍ଚେଇଥାଏ ।




# ରଙ୍ଗ ନୁହେଁ ନାମ ପରିବର୍ତ୍ତନ ଦରକାର







ଜାନୁଆରୀ ୨୬ରେ ଯେତେବେଳେ ସମଗ୍ର ଦେଶ ଗଣତନ୍ତ୍ର ଦିବସ ପାଳନ କରୁଥିଲା, ୭୩ତମ ଗଣତନ୍ତ୍ର ଦିବସରେ ଜଣେ ଅନ୍ୟ ଜଣଙ୍କୁ ଶୁଭେଚ୍ଛା ଜଣାଉଥିଲା ଠିକ୍ ସେହି ସମୟରେ ଆନ୍ଧ୍ରପ୍ରଦେଶର ଗୁଣ୍ଟୁର ସ୍ଥିତ କୋଠାପେଟରେ ଜାତୀୟ ପତାକା ଉତୋଳନ କରିବାକୁ ଯାଉଥିବା ଯୁବକଙ୍କୁ ପୋଲିସ ଗିରଫ କରିନେଇଥିଲା । ତ୍ରିରଙ୍ଗା ଉତୋଳନ କରିବାର ଦଣ୍ଡ ଗିରଫଦାରୀ । ୩୦ ବର୍ଷ ପରେ ଶ୍ରୀନଗର ଲାଲ୍‌ଚୌକ ଅଂଚଳରେ ଥିବା କ୍ଲକ ଟାୱାର ବା ଘଂଟାଘର ଉପରେ ଯଦି ସେହି ସମୟରେ ଜାତୀୟ ପତାକା ଉଡା ଯାଇ ପାରିଲା ତେବେ କୋଠାପେଟରେ କାହିଁକି ତ୍ରିରଙ୍ଗା ଉଡାଯାଇପାରିଲା ନାହିଁ ! ସୂଚନାଯୋଗ୍ୟ ଯେ, ଘଂଟାଘର ଉପରେ ୩୦ ବର୍ଷ ପୂର୍ବେ ବରିଷ୍ଠ ବିଜେପି ନେତା ମୁରଲୀ ମନୋହର ଯୋଶୀ ୧୯୯୨ ମସିହାରେ ଜାତୀୟ ପତାକା ଉତୋଳନ କରିଥିଲେ । ଏବେ ଚର୍ଚ୍ଚା ଚାଲିଛି ତ୍ରିରଙ୍ଗା ନୁହେଁ ଜିନ୍ନା ଟାୱାର ସମ୍ମାନ ପାଇଁ କିଛି ଲୋକ ଲାଗିଛନ୍ତି । କୋଠାପେଟରେ ଜାତୀୟ ପତାକା ଉତୋଳନ କରିବାକୁ ଅନ୍ୟ କେହି ଅଟକାଇ ନଥିଲେ । ଦେଶର ଆଇନ ରକ୍ଷକମାନେ ତାଙ୍କୁ ଅଟକାଇ ଥିଲେ। ପୋଲିସ କହୁଛି କୋଠାପେଟ ଅଂଚଳରେ ନିଷେଧାଜ୍ଞ ଜାରି କରାଯାଇଥିଲା । ଏଠାରେ ପତାକା ଉତୋଳନ କଲେ ପରିବେଶ ଖରାପ ହୋଇଥାନ୍ତା । ଯୁବକମାନେ ନିଷେଧାଦେଶ ଉଲ୍ଲଂଘନ କରି ଜିନ୍ନା ଟାୱାର ଉପରେ ପତାକା ଉତୋଳନ କରିବାକୁ ଯାଉଥିଲେ ତେଣୁ ତାଙ୍କୁ ସ୍ଥାନୀୟ ପୋଲିସ ଷ୍ଟେସନକୁ ନିଆଯାଇ ପରେ ଛାଡି ଦିଆଯାଇଛି । ପୋଲିସର ସଫେଇ ଯାହା ହେଉନା କାହିଁକି, ଜିନ୍ନାଙ୍କ ସମ୍ମାନରେ ତ୍ରିରଙ୍ଗାର ଅପମାନ ଠିକ୍ ହେଲା ନାହିଁ ।

ଏବେ ପ୍ରଶ୍ନ ଉଠୁଛି ଯେଉଁମାନେ ଜାତୀୟ ପତାକା ଉତୋଳନ କରିବାକୁ ଯାଉଥିଲେ ସେମାନେ ମହତ୍ କାର୍ଯ୍ୟ କରୁଥିଲେ ନା ଦେଶଦ୍ରୋହୀ କାର୍ଯ୍ୟ କରୁଥିଲେ ? ଆନ୍ଧ୍ରପ୍ରଦେଶର ଗୁଣ୍ଟୁର ସ୍ଥିତ କୋଠାପେଟ ଭାରତରେ ନା ଭାରତ ବାହାରେ ? ତେବେ କଣ ପାଇଁ ଏଭଳି ମହାନ କାମ କରିବାକୁ ଯାଉଥିବା ଯୁବକମାନଙ୍କୁ ଅଟକାଇ ଦିଆଗଲା ? ତ୍ରିରଙ୍ଗା ଉତୋଳନ କରିବା କଣ ଅପରାଧ ? ଜିନ୍ନା ଟାୱାର ସମ୍ମାନ ବଡ ନା ତ୍ରିରଙ୍ଗାର ସମ୍ମାନ ବଡ ? ଜିନ୍ନା ଟାୱାର ସମ୍ମାନ ରଖିବା ଚକରରେ ଏଠି ଜାତୀୟ ପତାକାକୁ ଅପମାନ କରାଯାଇଛି । ଦୁଃଖର ବିଷୟ ଆଜି ବି କିଛି ରାଜନୈତିକ ଦଳ ଜିନ୍ନାଙ୍କୁ ସର୍ଦ୍ଦାର ପଟେଲଙ୍କ ସହୁତ ତୁଳନା କରୁଛନ୍ତି । ଜିନ୍ନା ଚୌକ, ଜିନ୍ନା ଟାୱାର, ଟିପୁ ସୁଲତାନ ମୈଦାନ ଆଦି ନାମ କରଣକୁ ରଖିବାକୁ ଚାହୁଁଛନ୍ତି । ଭୋଟ ବ୍ୟାଙ୍କ ଚକରରେ ତାଲିବାନର ଗୁଣଗାନ, ଜିନ୍ନା ମହାନ କହିବାକୁ ବାଧ ହେଉଛନ୍ତି । ତୁଷ୍ଟିକରଣ ଭାଇରସ ଯୋଗୁଁ ଏପରି ହେଉଛି । ସ୍ୱାଧୀନତାର ୭୪ ବର୍ଷ ବିତି ଯାଇଥିଲେ ମଧ୍ୟ କାହିଁକି ଆମେ ଦେଶ ବିଭାଜନକାରୀଙ୍କ ନାମକୁ ଜପାମାଳି କରି ରଖିବା । ଏବେ ପ୍ରଶ୍ନ ଉଠୁଛି କେଉଁଦିନ ଟିପୁ ସୁଲତାନ ମୈଦାନ ନାମ ହଟାଇ ଦିଆଯିବ ? କେଉଁ ଦିନ ଜିନ୍ନା ଟାୱାର ନାମ ହଟାଇ ଦିଆଯିବ ?

ମହମ୍ମଦ ଅଲ୍ଲି ଜିନ୍ନା ହେଉଛନ୍ତି ଭାରତକୁ ଭାଗ ଭାଗ କରିଥିବା ବ୍ୟକ୍ତି । ସେ ଦେଶର ବିଭାଜନ ପାଇଁ ଦାୟୀ । ଜିନ୍ନାଙ୍କ ଯୋଗୁଁ ଭାରତର ଯେଉଁ ବିଭାଜନ ହେଲା ସେହି ସମୟରେ ଲକ୍ଷ ଲକ୍ଷ ଜନତାଙ୍କର ଜୀବନ ଯାଇଛି । କୋଟି କୋଟି ଲୋକ ବେଘର ହୋଇ ଯାଇଛନ୍ତି । ସେହି ବିଭାଜନର କ୍ଷତ ଏପର୍ଯ୍ୟନ୍ତ ଶୁଖିନାହିଁ । ଜିନ୍ନା ଟାୱାର ଆମ ଦେଶ ପାଇଁ କି କାମରେ ଲାଗିବ ? ଆଗାମୀ ପୀଢିମାନେ ଜିନ୍ନା ଟାୱାର ଦେଖି ଦେଶପ୍ରେମ ନା ଦେଶଦ୍ରୋହ କଥା ଶିଖିବେ ? ସ୍ୱାଧୀନତା ପାଇବାର ଅନେକ ଦିନ ବିତି ଯାଇଥିଲେ ମଧ ଆମେ କେଉଁଠାରେ ପହଁଚିଛୁ ? ମୌଳିକ ଅଧିକାରର କଥା ସବୁବେଳେ କହୁଛୁ ହେଲେ ଗୁଣ୍ଟୁରରେ ଯେଉଁମାନେ ଜାତୀୟ ପତାକା ଉତୋଳନ କରିବାକୁ ଗଲେ ସେମାନଙ୍କର ମୌଳିକ ଅଧିକାର କୁଆଡେ ଗଲା ? ଏଠି ସେକୁଲାରଜିମ ଆଡରେ ସଂଖ୍ୟାଲଘୁ ତୁଷ୍ଟିକରଣକୁ ଥାପି ଦିଆଯାଉଛି । ଭାରତୀୟ ସଂସ୍କୃତି, ବିଚାରକୁ ଥଟ୍ଟାମଜାରେ ଉଡାଇ ଦିଆଯାଉଛି । ସଂଖ୍ୟାଲଘୁ ସୁରକ୍ଷା ଆଳରେ ସେମାନେ କରୁଥିବା ବଡ ବଡ ଘଟଣାକୁ ମାଫ୍ କରି ଦିଆଯାଉଛି । ସ୍କୁଲ କଲେଜ ଯାଉଥିବା ଛୋଟ ପିଲାଙ୍କ ସହିତ ତୁଳନା କରି ଛାଡି ଦିଆଯାଉଛି । ଯେଉଁଥିପାଇଁକି ସେମାନେ ଦେଶ ବିରୋଧରେ ଯାଇ ଚିକେନ୍‌ନେକକୁ ଅଲଗା କରିବା ପାଇଁ କହୁଛନ୍ତି, ସୀମା ଆରପଟେ ଥିବା ବିରୋଧୀଙ୍କ ସପକ୍ଷରେ କଥା କହୁଛନ୍ତି । ଏହା ରାଷ୍ଟ୍ରବାଦ ନୁହେଁ ଅରାଷ୍ଟ୍ରବାଦ । ଗୁଣ୍ଟୁରରେ ଜାତୀୟ ପତାକା ଉତୋଳନ କରିବାକୁ ଅଟକାଇ ଦିଆଗଲା, ସେଥିପାଇଁ ଦେଶର ପ୍ରତ୍ୟେକ ନାଗରୀକଙ୍କ ମନରେ ଦୁଃଖ ଆସିବା ଦରକାର ।

ସେଦିନର କେଇଜଣ ଯୁବକମାନଙ୍କର ଆନ୍ଦୋଳନ ଯୋଗୁଁ ଆଜି ଜିନ୍ନା ଟାୱାର ରଙ୍ଗ ବଦଳି ଯାଇଛି । ଏହି ଜିନ୍ନା ଟାୱାର ତ୍ରିରଙ୍ଗା ରଙ୍ଗରେ ରଙ୍ଗାୟିତ ହୋଇଛି । ଏଥିସହିତ ଜାତୀୟ ପତାକା ଉତୋଳନ ପାଇଁ ମଧ ବ୍ୟବସ୍ଥା ହୋଇଛି । ଏସବକୁ କାମ ପାଇଁ କିଛି ନେତା ବିଜେପି ଉପରେ ଦୋଷ ଲଦୁଛନ୍ତି । ଗୁଣ୍ଟୁର ମେୟର କବିତା ମନୋହର କହୁଛନ୍ତି ଯେ କିଛିଦିନ ହେଲା ବିଜେପିର କର୍ମୀମାନେ ଏ ଘଟଣାକୁ ନେଇ ଅନାବଶ୍ୟକ ବିବାଦ ସୃଷ୍ଟି କରୁଛନ୍ତି । ଏବେ କିନ୍ତୁ ଦାବି ହେଉଛି ରଙ୍ଗ ବଦଳାଇ ଦେଲେ ଚଳିବ ନାହିଁ, ନାମ ବଦଳାଇବାକୁ ହେବ । ଆନ୍ଧ୍ରପ୍ରଦେଶର ବିଜେପି ପ୍ରଭାରୀ ସୁନୀଲ ଦେଓଧର କହିଛନ୍ତି ଯେ,ଜିନ୍ନା ଟାୱାର ନାମ ପରିବର୍ତନ ନହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ । ଠିକ୍ ଅଛି, ଜିନ୍ନା ଟାୱାରକୁ ତ୍ରିରଙ୍ଗା ରଙ୍ଗରେ ରଙ୍ଗ କରାଯାଇଛି । ଏହାର ନାମ ମଧ ପରିବର୍ତନ କରାଯିବା ଉଚିତ । କାରଣ ଜିନ୍ନା ଭାରତୀୟ ଆତ୍ମାକୁ ଦମନ କରିବାର ପ୍ରତୀକ । ଜିନ୍ନା ଆଉ ଆଉରଙ୍ଗଜେବଙ୍କ ମଧ୍ୟରେ କୌଣସି ପାର୍ଥକ୍ୟ ନାହଁ । ଯେପରି ଆଉରଙ୍ଗଜେବ ରୋଡର ନାମ ବଦଳାଯାଇଛି ଠିକ୍ ସେହିପରି ଜିନ୍ନା ଟାୱାର ନାମ ବଦଳାଯାଇ ଏ ପି ଜେ ଅବଦୁଲ କଲାମ ଟାୱାର ନାମ ହେବା ଉଚିତ ।

# ଜଳନ୍ଧର ଶକ୍ତିପୀଠ, ପଞ୍ଜାବ





ଜଳନ୍ଧର ଶକ୍ତିପୀଠ ବା 'ତ୍ରିପୁରମାଳିନୀ' ମନ୍ଦର ହିନ୍ଦୁମାନଙ୍କ ପାଇଁ ଏକ ପ୍ରମୁଖ ଧାର୍ମିକ ସ୍ଥାନ ଭାବେ ପରିଚିତ। ଏହି ଶକ୍ତିପୀଠ ଦେବୀ "ତାଲାବ" ମନ୍ଦିର ପାଇଁ ଜଣାଶୁଣା। ଏହି ମନ୍ଦିର ଭାରତର ପଞ୍ଜାବ ରାଜ୍ୟ ଅନ୍ତର୍ଗତ ଜଳନ୍ଧର ଠାରେ ଅବସ୍ଥିତ। ଏହି ମନ୍ଦିର ବହୁ ବର୍ଷର ପୁରୁଣା ବୋଲି କୁହାଯାଏ। ଏହି ମନ୍ଦିର ପାଖରେ ଥିବା ଏକ ପୋଖରୀକୁ ଅତି ପବିତ୍ର ବୋଲି ଗ୍ରହଣ କାରାଯାଏ।





ଦେବୀ ଭାଗବତ ପୁରାଣରେ ୧୦୮, କାଳିକା ପୁରାଣରେ ୨୬, ଶିବଚରିତରେ ୫୧, ଦୁର୍ଗାଶପ୍ତସତୀ ଏବଂ ତନ୍ତ୍ର ଚୂଡ଼ାମଣିରେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠ ଗୁଡ଼ିକର ସଂଖ୍ୟା ୫୨ ବୋଲି କୁହା ଯାଇଛି। ମାତ୍ର ଶକ୍ତିପୀଠ ସଂଖ୍ୟା ୫୧ଟି ବୋଲି କେତେକ ମତ ଦିଅନ୍ତି। ତେବେ ତନ୍ତ୍ର ଚୂଡ଼ାମଣିରେ ୫୨ ଟି ଶକ୍ତିପୀଠ ସଂପର୍କରେ କୁହାଯାଇଛି। ତେବେ ମାତା ସତୀଙ୍କ ୫୧ଟି ଶକ୍ତିପୀଠ ମାନଙ୍କ ମଧ୍ୟରେ "ଜଳନ୍ଧର ଶକ୍ତିପୀଠ" ବା ତାଲାବ ମନ୍ଦିର ଅନ୍ୟତମ। ଏହି ଶକ୍ତିପୀଠ ହିନ୍ଦୁ ମାନଙ୍କର ପ୍ରମୁଖ ଧାର୍ମିକ ସ୍ଥଳ ଭାବେ ବେଶ୍ ପରିଚିତ। ଏହି ଶକ୍ତିପୀଠ ସାରା ଭାରତରେ ବିଖ୍ୟାତ।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସରଂଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ ତାଙ୍କର ତଥା କଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା'ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା' ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା'ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହା ପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସି ପ୍ରକାର ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ଦକ୍ଷଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ସେହିକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି ସେଠାରେ ପହଞ୍ଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଏହାଦ୍ୱାରା ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହୋଇ ଉଠିଲା। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବ ଦେବୀ ମାନେ ଏହାର ସମାଧାନ ବା ଭଗବାନ ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ଭଗବାନ ବ୍ରହ୍ମା ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଭଗବାନ ଶିବ ଶାନ୍ତ ହେବେ ନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସାଭିମୁଖିରୁ ବର୍ତ୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଭଗବାନ ଶିବ ଧରିଥିବା ମାତା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ।

କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ଭଗବାନ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ।

"ଜଳନ୍ଧର ଶକ୍ତିପୀଠ"ରେ ମାତା ସତୀଙ୍କର 'ବାମ ସ୍ତନ' ଖଣ୍ଡ ପଡ଼ିଥିଲା।



ଏଠାରେ ମାତା ଶକ୍ତିଙ୍କୁ 'ତ୍ରିପୁରମାଳିନୀ' ରୂପରେ ପୂଜା କରାଯାଉ ଥିବାବେଳେ ଭଗବାନ ଶିବ 'ଭୈରବ'(ଯିଏ ଭଗବାନ ଶିବଙ୍କର ଅନ୍ୟ ଏକ ରୂପ)ଙ୍କୁ "ଭୀଷଣ" ରୂପରେ ପୂଜା କରା ଯାଇଥାଏଏ।

ଏହି ଶକ୍ତିପୀଠରେ ବର୍ଷ ସାରା ବିଭିନ୍ନ ପର୍ବ ପର୍ବାଣୀ ଧୂମଧାମ୍‌ରେ ପାଳିତ ହୋଇଥାଏ। ବିଶେଷତଃ ଦୁର୍ଗା ପୂଜା ଓ ପବିତ୍ର ନବରାତ୍ର ଉତ୍ସବ ଏଠାରେ ଧୂମଧାମରେ ପାଳନ କରାଯାଏ। ମନ୍ଦିରର ଆଧ୍ୟାତ୍ମିକ ପରିବେଶ ଭକ୍ତ ଓ ଶ୍ରଦ୍ଧାଳୁମାନଙ୍କ ମନ, ପ୍ରାଣ ଓ ହୃଦୟ କୁ ଶାନ୍ତି ପ୍ରଦାନ କରିଥାଏ। ବର୍ଷର ସବୁ ସମୟରେ ମାତାଙ୍କର ଏହି ଶକ୍ତିପୀଠରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ଦେବୀଙ୍କର ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତାଙ୍କୁ ପୂଜା କରିବାକୁ ଏଠାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦ ଦାୟକ ଓ ମନୋରମ।

**କେମିତି ଯିବେ:-** (୧) ନିକଟସ୍ଥ ରେଳଷ୍ଟେସନ୍‌ଠାରୁ ମାତ୍ର ୨.୫ କିମି ଦୂରରେ "ଜଳନ୍ଧର ଶକ୍ତିପୀଠ"ଅବସ୍ଥିତ। (୨) ନିକଟସ୍ଥ ଚଣ୍ଡିଗଡ଼ ଅନ୍ତର୍ଜାତୀୟ ବିମାନ ବନ୍ଦରଠାରୁ ମାତ୍ର ୧୮୩ କିମି ଦୂରରେ "ଜଳନ୍ଧର ଶକ୍ତିପୀଠ" ଅବସ୍ଥିତ।

ପ୍ରତିଦିନ ସକାଳ ୬ ଟାରୁ ମନ୍ଦିର ଖୋଲାଯାଏ ଓ ରାତି ୯ ଟାରେ ବନ୍ଦ ହୁଏ।

# ଇଫଙ୍କୋରେ ୫୪ତମ ଜାତୀୟ ସୁରକ୍ଷା ସପ୍ତାହ ଉଦଯାପିତ

ପାରାଦୀପ,(ପି.ଏନ): ଇଫକୋ ପାରାଦ୍ୱୀପ ୟୁନିଟ ରେ ୫୪ତମ ଜାତୀୟ ସୁରକ୍ଷା ସପ୍ତାହ ମହା ସମାରୋହରେ ସୋମବାର ଦିନ ଉଦଯାପିତ ହୋଇଯାଇଛି । ଏହି ଉଦଯାପନୀ ସମାରୋହରେ ଇଫକୋ ପାରାଦ୍ୱୀପ ୟୁନିଟ ମୁଖ୍ୟ ପି.କେ.ମହାପାତ୍ର ଓ ଅଗ୍ନି ସୁରକ୍ଷା ବିଭାଗ ମୁଖ୍ୟ ଆର.କେ.ସ୍ୱାଇଁ ମୁଖ୍ୟ ଅତିଥି ଓ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ । ଏହି ଉଦଯାପନୀ ସମାରୋହ ରେ ପ୍ଲାଣ୍ଟ ଓ ଟାଉନସିପ ରେ ସପ୍ତାହ ବ୍ୟାପି ସୁରକ୍ଷା ସମ୍ବନ୍ଧୀୟ ବିଭିନ୍ନ କାର୍ଯ୍ୟକଳାପ ର ପ୍ରତିଫଳନ ହୋଇଥିଲା । ଏଥିରେ ପ୍ଲାଣ୍ଟ ଓ ଟାଉନସିପ ରେ ବିଭିନ୍ନ ପ୍ରେରଣାଦାୟୀ ସଚେତନତା କାର୍ଯ୍ୟକ୍ରମ ସମେତ ସୁରକ୍ଷା ସମ୍ବନ୍ଧୀୟ ଚିତ୍ରାଙ୍କନ, ସ୍ଲୋଗାନ ଇତ୍ୟାଦି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିବା ନେଇ ଇଫକୋ ପାରାଦ୍ୱୀପ ୟୁନିଟ ଲୋକ ସମ୍ପର୍କ ଅଧିକାରୀ ପ୍ରସନ୍ନ କୁମାର ବେଉରା ଙ୍କ ଠାରୁ ପ୍ରକାଶ ।









## ନାରୀ ନିର୍ଯାତନା କେବେ ବନ୍ଦ ହେବ ମୁଖ୍ୟମନ୍ତ୍ରୀଙ୍କୁ ଜବାବ ମାଗିଲା କଂଗ୍ରେସ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ଜିଲ୍ଲାର ସ୍କୁଲ ଛାତ୍ରୀ ଓ ମହିଳାମାନଙ୍କ ଉପରେ ହେଉଥିବା ଅତ୍ୟାଚାର ବିରୋଧରେ ଜିଲ୍ଲାପାଳ କାର୍ଯ୍ୟାଳୟକୁ ଘେରାଉ କରିଛି ଜିଲ୍ଲା କଂଗ୍ରେସ । ସମଗ୍ର ଓଡିଶାରେ ମହିଳା ହିଂସା ସୀମା ଟପିଛି । ମହିଳାମାନଙ୍କ ସୁରକ୍ଷା ବିପଦଜନକ ସ୍ଥିତିରେ ରହିଛି । ସ୍ୱଚ୍ଛ ଓ ସୁଶାସନର ନାରା ଦେଇ ଡବଲ ଇଞ୍ଜିନ ଲୋଭ ଦେଖାଇ ବିଜେପି ଶାସନ କ୍ଷମତାକୁ ଆସିଥିଲା । ୩ ଶହଦିନ ନ ପୁରୁଣୁ ଓଡିଶାର ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇପଡିଛି । ଏହିପରି ନାରା ଦେଇ ଭାରତୀୟ ଜାତୀୟ କଂଗ୍ରେସ ଦଳର ରାଜ୍ୟ ସଭାପତି ଭକ୍ତ ଚରଣ ଦାସଙ୍କ ନିର୍ଦ୍ଦେଶରେ କେନ୍ଦ୍ରାପଡା ଜିଲ୍ଲା କଂଗ୍ରେସର ହଜାର ହଜାର କଂଗ୍ରେସ କର୍ମୀ, ମହିଳା, ଛାତ୍ର ଓ ଯୁବ ନେତୃତ୍ୱମାନେ କଜଳାସ୍ଥିତ କଂଗ୍ରେସ ଭବନରୁ ମହାତ୍ମା ଗାନ୍ଧୀଙ୍କୁ ପୁଷ୍ପମାଲ୍ୟ ଅର୍ପଣ କରି ଧୁଧୁ ଖରାରେ ସୋମବାର ପୂର୍ବାହ୍ନ ୧୧ ଟାରେ କଜଳାରୁ ଚାଲି ଚାଲି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ନିକଟରେ ପହ କାର୍ଯ୍ୟାଳୟକୁ ଘେରାଉ କରି ରଖିଥିଲେ ।

# ଧାରଣାରତ ବିଦ୍ୟୁତ ବିଭାଗ କର୍ମଚାରୀଙ୍କ ସମସ୍ୟା ସମାଧାନ ପାଇଁ ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲା ଏଚ୍‌ଏମ୍‌ଏସ୍

ବ୍ରହ୍ମପୁର (ପିଏନ୍): ବ୍ରହ୍ମପୁର ମହାନଗରରେ ଥିବା ଟିପିଏସଓଡିଏଲ (TPSODL) କର୍ପୋରେଟ୍ ଅଫିସ ସମ୍ମୁଖରେ ସାଉଥ୍‌କୋ ୟୁଟିଲିଟିରେ ବର୍ଷ ବର୍ଷ ଧରି କାର୍ଯ୍ୟରତ ଆଉଟସୋର୍ସିଂ କର୍ମଚାରୀମାନେ ନ୍ୟାଯ୍ୟ ଦାବି ନେଇ ଗତ ୬ ମାସରୁ ଊର୍ଦ୍ଧ୍ୱ ଦିନ ଧରି ଧାରଣା ଦେଇଛନ୍ତି। ସମ୍ପ୍ରତି ଟାଟା ପାୱାର ଓଡ଼ିଶାର ବିଦ୍ୟୁତ ଯୋଗାଣ ସଂସ୍ଥାକୁ ହାତକୁ ନେବା ପରେ ଉକ୍ତ କର୍ମଚାରୀଙ୍କୁ କାର୍ଯ୍ୟରେ ନିୟୋଜିତ କରୁନାହିଁ। ଫଳରେ ପ୍ରାୟ ୩ ହଜାର କର୍ମଚାରୀ ଜୀବିକା ହରାଇ ଦୟନୀୟ ଅବସ୍ଥାରେ କାଳାତିପାତ କରୁଛନ୍ତି। ଇତିମଧରେ ଜିଲା ପ୍ରଶାସନ ହସ୍ତକ୍ଷେପ କରିଥିଲେ ମଧ କମ୍ପାନୀ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ ନକରିବା ଉଦବେଗର ବିଷୟ। ଗୋଟିଏ ଜନକଲ୍ୟାଣ ସରକାରରେ ଏଭଳି ଘଟଣା ଆଦୌ ଶୁଭଙ୍କର ନୁହେଁ। ଅପରପକ୍ଷରେ ଧାରଣାରତ କର୍ମଚାରୀମାନେ ପୁନଃ ନିଯୁକ୍ତି ଦାବି କରି ଆସୁଥିବା ବେଳେ ମାନ୍ୟବର ସୁପ୍ରିମକୋର୍ଟର ନିର୍ଦ୍ଦେଶକୁ ମଧ କମ୍ପାନୀ କର୍ତ୍ତୃପକ୍ଷ ମାନୁନାହାନ୍ତି। ଏଠାରେ ଉଲ୍ଲେଖ କରାଯାଇପାରେ ଟାଟା କମ୍ପାନୀ ସାଉଥକୋ ୟୁଟିଲିଟିକୁ ନେବା ପରେ ୟୁନିଟ ପିଛା ୫୦ ପଇସା ବୃଦ୍ଧି କରି ଗ୍ରାହକମାନଙ୍କ ଉପରେ ଆର୍ଥିକ ଭାର ଲଦି ଦେଇଛି। ୨୦୨୧ ସୁଦ୍ଧା ଦକ୍ଷିଣ ଓଡ଼ିଶାରେ ପ୍ରାୟ ୨୫ ଲକ୍ଷ ବିଦ୍ୟୁତ ଉପଭୋକ୍ତା ରହିଥିବା ବେଳେ ସେମାନଙ୍କ ଉପରେ ଆର୍ଥିକ ବୋଝ ବୃଦ୍ଧି କରି କମ୍ପାନୀ ନିଜର ପାଣ୍ଠି ବଢ଼ାଇ ଚାଲିଥିବା ବେଳେ କର୍ମଚାରୀଙ୍କ ସ୍ୱାର୍ଥ ପ୍ରତି ଦୃଷ୍ଟି ନଦେବା ଅତ୍ୟନ୍ତ ପରିତାପର ବିଷୟ। ପୂର୍ବରୁ କମ୍ପାନୀ କରିଥିବା ଚୁକ୍ତିନାମାକୁ ସମ୍ପୂର୍ଣ୍ଣ ଖିଲାପ କରିଛି। କମ୍ପାନୀର ମନମାନି ଚାଲିଥିବା ବେଳେ ଧାରଣାରତ କର୍ମଚାରୀଙ୍କ ସମସ୍ୟାର ସମାଧାନ ଦିଗରେ ତୁରନ୍ତ ହସ୍ତକ୍ଷେପ କରିବାକୁ ହିନ୍ଦ୍ ମଜଦୁର ସଭା (ଏଚ୍‌ଏମ୍‌ଏସ)ର ରାଜ୍ୟ ଉପସଭାପତି ରବି ରଥ ମୁଖ୍ୟମନ୍ତ୍ରୀ, ଶକ୍ତି ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଏବଂ ଓଇଆରସିର ଅଧକ୍ଷଙ୍କକୁ ପତ୍ର ମାଧମରେ ଅନୁରୋଧ କରିଛନ୍ତି।

# ଧାରଣାରତ ବିଦ୍ୟୁତ ବିଭାଗ କର୍ମଚାରୀଙ୍କ ସମସ୍ୟା ସମାଧାନ ପାଇଁ ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲା ଏଚ୍‌ଏମ୍‌ଏସ୍

ବ୍ରହ୍ମପୁର (ପିଏନ୍): ବ୍ରହ୍ମପୁର ମହାନଗରରେ ଥିବା ଟିପିଏସଓଡିଏଲ (TPSODL) କର୍ପୋରେଟ୍ ଅଫିସ ସମ୍ମୁଖରେ ସାଉଥ୍‌କୋ ୟୁଟିଲିଟିରେ ବର୍ଷ ବର୍ଷ ଧରି କାର୍ଯ୍ୟରତ ଆଉଟସୋର୍ସିଂ କର୍ମଚାରୀମାନେ ନ୍ୟାଯ୍ୟ ଦାବି ନେଇ ଗତ ୬ ମାସରୁ ଊର୍ଦ୍ଧ୍ୱ ଦିନ ଧରି ଧାରଣା ଦେଇଛନ୍ତି। ସମ୍ପ୍ରତି ଟାଟା ପାୱାର ଓଡ଼ିଶାର ବିଦ୍ୟୁତ ଯୋଗାଣ ସଂସ୍ଥାକୁ ହାତକୁ ନେବା ପରେ ଉକ୍ତ କର୍ମଚାରୀଙ୍କୁ କାର୍ଯ୍ୟରେ ନିୟୋଜିତ କରୁନାହିଁ। ଫଳରେ ପ୍ରାୟ ୩ ହଜାର କର୍ମଚାରୀ ଜୀବିକା ହରାଇ ଦୟନୀୟ ଅବସ୍ଥାରେ କାଳାତିପାତ କରୁଛନ୍ତି। ଇତିମଧରେ ଜିଲା ପ୍ରଶାସନ ହସ୍ତକ୍ଷେପ କରିଥିଲେ ମଧ କମ୍ପାନୀ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ ନକରିବା ଉଦବେଗର ବିଷୟ। ଗୋଟିଏ ଜନକଲ୍ୟାଣ ସରକାରରେ ଏଭଳି ଘଟଣା ଆଦୌ ଶୁଭଙ୍କର ନୁହେଁ। ଅପରପକ୍ଷରେ ଧାରଣାରତ କର୍ମଚାରୀମାନେ ପୁନଃ ନିଯୁକ୍ତି ଦାବି କରି ଆସୁଥିବା ବେଳେ ମାନ୍ୟବର ସୁପ୍ରିମକୋର୍ଟର ନିର୍ଦ୍ଦେଶକୁ ମଧ କମ୍ପାନୀ କର୍ତ୍ତୃପକ୍ଷ ମାନୁନାହାନ୍ତି। ଏଠାରେ ଉଲ୍ଲେଖ କରାଯାଇପାରେ ଟାଟା କମ୍ପାନୀ ସାଉଥକୋ ୟୁଟିଲିଟିକୁ ନେବା ପରେ ୟୁନିଟ ପିଛା ୫୦ ପଇସା ବୃଦ୍ଧି କରି ଗ୍ରାହକମାନଙ୍କ ଉପରେ ଆର୍ଥିକ ଭାର ଲଦି ଦେଇଛି। ୨୦୨୧ ସୁଦ୍ଧା ଦକ୍ଷିଣ ଓଡ଼ିଶାରେ ପ୍ରାୟ ୨୫ ଲକ୍ଷ ବିଦ୍ୟୁତ ଉପଭୋକ୍ତା ରହିଥିବା ବେଳେ ସେମାନଙ୍କ ଉପରେ ଆର୍ଥିକ ବୋଝ ବୃଦ୍ଧି କରି କମ୍ପାନୀ ନିଜର ପାଣ୍ଠି ବଢ଼ାଇ ଚାଲିଥିବା ବେଳେ କର୍ମଚାରୀଙ୍କ ସ୍ୱାର୍ଥ ପ୍ରତି ଦୃଷ୍ଟି ନଦେବା ଅତ୍ୟନ୍ତ ପରିତାପର ବିଷୟ। ପୂର୍ବରୁ କମ୍ପାନୀ କରିଥିବା ଚୁକ୍ତିନାମାକୁ ସମ୍ପୂର୍ଣ୍ଣ ଖିଲାପ କରିଛି। କମ୍ପାନୀର ମନମାନି ଚାଲିଥିବା ବେଳେ ଧାରଣାରତ କର୍ମଚାରୀଙ୍କ ସମସ୍ୟାର ସମାଧାନ ଦିଗରେ ତୁରନ୍ତ ହସ୍ତକ୍ଷେପ କରିବାକୁ ହିନ୍ଦ୍ ମଜଦୁର ସଭା (ଏଚ୍‌ଏମ୍‌ଏସ)ର ରାଜ୍ୟ ଉପସଭାପତି ରବି ରଥ ମୁଖ୍ୟମନ୍ତ୍ରୀ, ଶକ୍ତି ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଏବଂ ଓଇଆରସିର ଅଧକ୍ଷଙ୍କକୁ ପତ୍ର ମାଧମରେ ଅନୁରୋଧ କରିଛନ୍ତି।




# ଆର୍.ଆର୍.ଟି.ସି ପକ୍ଷରୁ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ଆଠ ଦିନିଆ ୱେବିନାର ବ୍ୟୟୋଜ୍ୟେଷ୍ଠ ବ୍ୟକ୍ତିଙ୍କ ଦ୍ୱାରା ଉଦ୍‌ଘାଟିତ

ଭୁବନେଶ୍ୱର(ପିଏନ)- ଆଜି ଏନ୍.ଆର୍.ସି.ଡବ୍ଲ୍ୟୁ.ଡି ଦ୍ୱାରା ପରିଚାଳିତ ଆର୍.ଆର୍.ଟି.ସି ତରଫରୁ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟ,ଭାରତ ସରକାରଙ୍କ ସହଯୋଗରେ ଭୁବନେଶ୍ୱରସ୍ଥ ଆର୍.ଆର୍.ଟି.ସି ସଭାଗୃହରେ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ପଦ୍ମଶ୍ରୀ ଡକ୍ଟର ପ୍ରଫୁଲ୍ଲ କୁମାର ଜେନା ଓ ଡକ୍ଟର ସେବା ମହାପାତ୍ରଙ୍କ ଦ୍ୱାରା ଆନୁଷ୍ଠାନିକ ଭାବେ ଗୁଗୁଲ୍ ମିଟ୍ ଜରିଆରେ ଆଠଦିନିଆ ୱେବିନାର୍ ଶୁଭ ଉଦ୍‌ଘାଟିତ ହୋଇଯାଇଛି । ଉକ୍ତ ୱେବିନାର୍‌ରେ ଅନ୍ୟୁନ ୪୦ରୁ ୫୦ ଲୋକ ଯଥା ବ୍ୟୟୋଜ୍ୟେଷ୍ଠ ବ୍ୟକ୍ତି, ସ୍ୱେଚ୍ଛାସେବୀ ସଙ୍ଗଠନର କର୍ମକର୍ତ୍ତା, ବରିଷ୍ଠ ନାଗରିକ ବାସସ୍ଥାନର ଅନ୍ତେବାସୀଗଣ, ସାମାଜିକ କର୍ମୀ, ଗଣମାଧ୍ୟମ ପ୍ରତିନିଧିବୃନ୍ଦ, ସରକାରୀ କର୍ମଚାରୀ ବୃନ୍ଦ, ସ୍ୱେଚ୍ଛାସେବୀମାନେ ଅଂଶଗ୍ରହଣ କରିଥିଲେ । ଆୟୋଜିତ ହୋଇଥିବା ଏହି ୱେବିନାର୍‌ରେ ମୁଖ୍ୟ ଅତିଥି ଭାବେ ପଦ୍ମଶ୍ରୀ ଡଃ ପ୍ରଫୁଲ୍ଲ କୁମାର ଜେନା ଯୋଗଦାନ କରିଥିବା ବେଳେ ଡକ୍ଟର ସେବା ମହାପାତ୍ର ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ । ଏହି ଅବସରରେ ଡକ୍ଟର ଜେନା କହିଲେ ଯେ, ସେ ୯୦ ବର୍ଷରେ ପହଂଚିଥିଲେ ମଧ୍ୟ ଏବେ ବୈଦିକ ଓ ଦୈନିକ କାର୍ଯ୍ୟକ୍ରମରେ ନିଜର ଅଭ୍ୟାସ ଅବ୍ୟାହତ ରଖିଛନ୍ତି । ଏତଦ୍ ବ୍ୟତୀତ ସେ ଗୁରୁତ୍ୱର ସହ କହିଥିଲେ ଯେ, ବରିଷ୍ଠ ନାଗରିକଙ୍କର ଅଭିଜ୍ଞତାକୁ ପାଥେୟ କରି ସାମାଜିକ ସେବା, ଜ୍ଞାନକୌଶଳର ବିକାଶ, ସ୍ୱାସ୍ଥ୍ୟସେବା, ଶିକ୍ଷାପ୍ରଦାନ,ବୃକ୍ଷରୋପଣ ଆଦି କାର୍ଯ୍ୟରେ ନିୟୋଜିତ କରାଯିବା ଉଚିତ୍ । ୬୦ବର୍ଷରେ ଅବସର ଗ୍ରହଣ କଲେ ମଧ୍ୟ ବହୁ ବରିଷ୍ଠ କର୍ମଚାରୀ ଆଗକୁ କାମ କରିବାର ଦକ୍ଷତା ଥିବାଯୋଗୁଁ ସେମାନଙ୍କୁ ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରିବା ଉଚିତ୍ । ଠିକ୍ ସେହିପରି ଡକ୍ଟର ମହାପାତ୍ର ଅବଗତ କରାଇଥିଲେ ଯେ, ସମଗ୍ର ବିଶ୍ୱରେ ୨୦୫୦ମସିହା ସୁଦ୍ଧା






ବରିଷ୍ଠନାଗରିକଙ୍କ ସଂଖ୍ୟା ୧୫୦କୋଟିରେ ପହଂଚିବ । ଏପରି ଆକଳନରୁ ଜଣାଯାଉଛି ଯେ, ୨୦୫୦ମସିହା ବେଳକୁ ବରିଷ୍ଠନାଗରିକଙ୍କ ସଂଖ୍ୟା ଭାରତବର୍ଷରେ ମୋଟ୍ ଜନସଂଖ୍ୟାର ଶତକଡା ୨୦ପ୍ରତିଶତ ବୃଦ୍ଧି ପାଇବ । ଏହାଛଡା କୋଭିଡ୍ ମହାମାରୀ ସମୟରେ ବରିଷ୍ଠ ନାଗରିକମାନଙ୍କର ଯଥେଷ୍ଟ ସ୍ୱାସ୍ଥ୍ୟର ଯତ୍ନର ଆବଶ୍ୟକତା ରହିଛି ବୋଲି ସେ ଗୁରୁତ୍ୱାରୋପ କରିଥିଲେ । ଏଠାରେ ପ୍ରକାଶ ଯୋଗ୍ୟ ଯେ, ଭାରତ ସରକାରଙ୍କ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟର ଅତିରିକ୍ତ ସଚିବ ଶ୍ରୀମତୀ ଉପମା ଶ୍ରୀବାସ୍ତବ ସମ୍ମାନୀତ ଅତିଥିଭାବେ ଯୋଗ ହେବାର କାର୍ଯ୍ୟକ୍ରମ ଥିଲା ମାତ୍ର କିଛି ଯାନ୍ତ୍ରିକ ତୃଟି ଯୋଗୁଁ ସେ ଆଜିର କାର୍ଯ୍ୟକ୍ରମରେ ଯୋଗ ଦେଇ ପାରି ନ ଥିଲେ କିନ୍ତୁ ଆସନ୍ତା କାଲିର କାର୍ଯ୍ୟକ୍ରମରେ ସେ ଯୋଗ ଦେବେ ବୋଲି ନିର୍ଭର ପରତିଶୃତି ଦେଇଛନ୍ତି । ଏହି ୱେବିନାର୍ ଦୀର୍ଘ ଆଠ ଦିନ ଧରି ପ୍ରତ୍ୟହ ପୂର୍ବାହ୍ନ ୧୧ଟାରୁ ଦିବା ୧ଘଟିକା ପର୍ଯ୍ୟନ୍ତ ଗୁଗୁଲ୍ ମିଟ୍ ଜରିଆରେ ବରିଷ୍ଠ ନାଗରିକଙ୍କ ବିଭିନ୍ନ ମୁଦ୍ଦାକୁ ନେଇ ଅଭିଜ୍ଞ ରିସୋର୍ସ ପର୍ସନମାନଙ୍କ ଦ୍ୱାରା ଆଲୋଚନା କରାଯିବ । ଏହି ଆଲୋଚନାରେ ଭାଗ ନେବାକୁ ଚାହୁଁଥିବା ବ୍ୟକ୍ତିମାନେ ନିମ୍ନୋକ୍ତ ଲିଙ୍କ୍‌ରେ ଯୋଗ ଦେବାକୁ ଅନୁରୋଧ । ଲିଙ୍କ୍‌ଟି ହେଉଛି- https://meet.google.com/mfz-zcin-vpg । ଏହି କାର୍ଯ୍ୟକ୍ରମକୁ ବରିଷ୍ଠ ସାମ୍ବାଦିକ ତଥା ସ୍ତମ୍ଭକାର ଶ୍ରୀଯୁକ୍ତ ନାଗେଶ୍ୱର ପଟ୍ଟନାୟକ ସଂଚାଳନ କରିଥିଲେ ଓ ଆଶା ପ୍ରକାଶ କରି କହିଥିଲେ ଯେ, ଭାରତ ସରକାର ଆଣୁଥିବା ନୂତନ ନାଗରିକ ନୀତି ନିଶ୍ଚୟ ପ୍ରଗତିଶୀଳ ହେବ । ଏହି ୱେବିନାର୍‌ରେ ଆଲୋଚିତ ହେବାକୁ ଥିବା ବିଷୟବସ୍ତୁ ଗୁଡିକୁ ଆଗାମୀ ସାତ ଦିନରେ ବରିଷ୍ଠ ଆଇନଜୀବୀ ସଂଜିବ୍ ରାଉତ, ସିଦ୍ଧାର୍ଥ ଦାସ, ହେଲପ୍ ଏଜ୍ ଇଣ୍ଡିଆର ରାଜ୍ୟ ମୁଖ୍ୟ ଶ୍ରୀମତୀ ଭାରତୀ ଚକ୍ର, ବିଶିଷ୍ଟ ମନୋତତ୍ୱବିଦ୍ ଡକ୍ଟର ପ୍ରକାଶ ରଥ, ଡକ୍ଟର ଅରବିନ୍ଦ ମହାନ୍ତି, ଡକ୍ଟର ହରିଶ୍ ଚୌଧୂରୀ, ଡକ୍ଟର ଅମ୍ରିତ୍ ପଟ୍ଟଯୋଶୀ,ଡକ୍ଟର ବିଶ୍ୱଭୂଷଣ ପ୍ରଧାନ, ଡକ୍ଟର ଅମ୍ଳାନ୍ ମାଇତି, ଡକ୍ଟର ଝରଣା ସ୍ୱାଇଁ, ବରିଷ୍ଠ ରାଜନୀତି ବିଜ୍ଞାନୀ ତଥା ପ୍ରଫେସର୍ ସୂର୍ଯ୍ୟନାରାୟଣ ମିଶ୍ର, ଅବସରପ୍ରାପ୍ତ ଆଇ.ଏ.ଏସ୍ ଅଫିସର୍ ଶ୍ରୀ ଯୁଗଳ କିଶୋର ମହାପାତ୍ର ଓ ଶ୍ରୀ ବିବେକ ପଟ୍ଟନାୟକ , ବରିଷ୍ଠ ସମାଜସେବୀ ଇମ୍ରାନ୍ ଅଲ୍ଲୀ ଓ ଶ୍ରୀମତୀ ଗୀତା ପ୍ରହରାଜ ପ୍ରମୁଖ ରିସୋର୍ସ ପର୍ସନ ଭାବେ ଆଲୋଚନାରେ ଅଂଶଗ୍ରହଣ କରି ଅତି ପ୍ରାଞ୍ଜଳ ଭାବେ ବିଷୟଗୁଡିକୁ ଅଂଶଗ୍ରହଣକାରୀଙ୍କ ସମ୍ମୁଖରେ ଉପସ୍ଥାପନ କରିବେ ବୋଲି ନିର୍ଭର ପ୍ରତିଶୃତି ଦେଇଛନ୍ତି । ଏହି ୱେବିନାର୍‌ରେ ଅଧିକ ସଂଖ୍ୟାରେ ଭାଗ ନେଇ ୱେବିନାର୍‌କୁ ସଫଳ କରିବାକୁ ଆୟୋଜକ ଆଶା ପ୍ରକାଶ କରିଛନ୍ତି । ଶେଷରେ ଏନ୍.ଆର୍.ସି ଡବ୍ଲ୍ୟୁ.ଡିର ସମ୍ପାଦକ ଶ୍ରୀଯୁକ୍ତ ସୁକାନ୍ତ ପରିଡା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଆର୍.ଆର୍.ଟି.ସିର ପ୍ରକଳ୍ପ ସଂଯୋଜିକା ବାସନ୍ତୀ ବେହେରା ୱେବିନାର୍‌କୁ ସୁଚାରୁରୂପେ ପରିଚାଳନା କରିଥିଲେ ।

## ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ରେ ବ୍ରହ୍ମପୁରରୁ ସୁରତ ଯାତ୍ରା କଲେ ୧୪୩୯ ଯାତ୍ରୀ

ଗଞ୍ଜାମ, (ପିଏନ)- ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ଗତକାଲି ରାତି ୮ଟା ରେ ବ୍ରହ୍ମପୁର ଷ୍ଟେସନରେ ପହଂଚିଥିଲା । ପୂର୍ବରୁ ଟ୍ରେନ୍ କୁ ଅପେକ୍ଷା କରିଥିବା ଶହସ୍ରାଧିକ ଯାତ୍ରୀ ଟ୍ରେନ୍ ରେ ଚଢ଼ିଥିଲେ । ମୁଖ୍ୟତଃ ସୁରତ ଯିବାକୁ ଚାହୁଁଥିବା ପ୍ରବାସୀ ଶ୍ରମିକ ମାନେ ମହିଳା ଓ ପିଲାଛୁଆଙ୍କ ସହିତ ସଂରକ୍ଷିତ ଟିକେଟ୍ କରି ଟ୍ରେନ୍ ରେ ଚଢ଼ିଥିଲେ । ବ୍ରହ୍ମପୁର ଷ୍ଟେସନ ମ୍ୟାନେଜର ଦୂର୍ଗାପ୍ରସାଦ ବ୍ରହ୍ମାଙ୍କ ସୂଚନା ମୁତାବକ ମୋଟ୍ ୧୪୩୯ ଯାତ୍ରୀ ଏହି ଟ୍ରେନ୍ ରେ ବ୍ରହ୍ମପୁର ଷ୍ଟେସନରୁ ଯାତ୍ରା କରିଛନ୍ତି । ଥର୍ମାଲ୍ ସ୍କ୍ରିନିଂ, ସାମାଜିକ ଦୂରତା, ମାସ୍କ ପରିଧାନ, ବିଶୋଧନ ଆଦି ପ୍ରତି ବିଶେଷ ଧ୍ୟାନ ରଖାଯାଇଛି ବୋଲି କହିଛନ୍ତି ଷ୍ଟେସନ୍ ମ୍ୟାନେଜର । ଦୀର୍ଘ ୪ ମାସ ପରେ ଏହି ପ୍ରବାସୀ ଶ୍ରମିକମାନେ ପୁଣି ଥରେ କର୍ମସଂସ୍ଥାନ ପାଇଁ ଗୁଜୁରାଟ ତଥା ସୁରତ ଅଭିମୁଖେ ଯାତ୍ରା କରୁଥିବାରୁ ଗଞ୍ଜାମ ଜିଲ୍ଲା ବିଜେପି ପକ୍ଷରୁ ଯାତ୍ରୀ ମାନଙ୍କୁ ଶୁଭକାମନା ଜ୍ଞାପନ କରାଯାଇଥିଲା ।

## ୨ବର୍ଷର ଝିଅ ଦେହରେ ୨୮ ଥର ବ୍ୟାଣ୍ଡେଜ ଘଟଣା

# ଚିକିତ୍ସା ପାଇଁ ପ୍ରଶାସନର ପ୍ରସ୍ତୁତି ଆରମ୍ଭ

କନ୍ଧମାଳ,(ପିଏନ)- ଦାରିଙ୍ଗବାଡ଼ି ବ୍ଲକ ହାତୀମୁଣ୍ଡା ପଂଚାୟତ ଅର୍ନ୍ତଗତ ଡାହୁ ଗ୍ରାମର ୨ବର୍ଷର ଝିଅ ସାଲୁନିକା ପ୍ରଧାନ । ଜନ୍ମ ହେବାର ୧୩ଦିନ ପର ଠାରୁ ଝିଅକୁ କେହି ଧରିଲେ ଦେହର ହାଡ଼ଗୁଡ଼ିକ ଭାଙ୍ଗିଯାଉଛି । ସେଥିପାଇଁ ୨ବର୍ଷର ଝିଅର ହାତ, ଗୋଡ଼ ସମେତ ଶରୀରର ବିଭିନ୍ନ ଅଙ୍ଗରେ ୨୮ଟି ବ୍ୟାଣ୍ଡେଜ୍ ପଡ଼ିଛି । ଏନେଇ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ସାଲୁନିକାର ସମସ୍ତ ଚିକିତ୍ସା ମାଗଣାରେ କରିବା ପାଇଁ କଟକ ଜିଲ୍ଲା ଓଲଟପୁର ସ୍ଥିତ ସ୍ୱାମୀ ବିବେକାନନ୍ଦ ଜାତୀୟ ପୁର୍ନବାସ ପ୍ରଶିକ୍ଷଣ ଓ ଅନୁସନ୍ଧାନ ସଂସ୍ଥା(ନିରତାର୍) ନିଜ ତରଫରୁ ଏନେଇ କନ୍ଧମାଳ ଜିଲ୍ଲା ପ୍ରଶାସନକୁ ଚିଠି ଲେଖିଛନ୍ତି । ନିରତାର୍‌ର ନିର୍ଦ୍ଦେଶକ ଡାକ୍ତର ଶକ୍ତି ପ୍ରସାଦ ଦାସ ସାଲୁନିକାର ଏଭଳି ବିରଳ ରୋଗ ସମ୍ପର୍କରେ ଗଣମାଧ୍ୟମରୁ ଜାଣିବା ପରେ ସଂସ୍ଥାର ବୈଷୟିକ ନିର୍ଦ୍ଦେଶକ କିଶୋର ଚନ୍ଦ୍ର ମହାପାତ୍ରଙ୍କ ସହିତ ଆଲୋଚନାକରିଥିଲେ ।ଏହାପରେ ସେ ଫୁଲବାଣୀ ଜିଲ୍ଲା ଭିନ୍ନକ୍ଷମ ଥଇଥାନ କେନ୍ଦ୍ର(ଡିଡିଆରସି)ର ଅଧିକ୍ଷକ ଅକ୍ଷୟ କୁମାର ପଣ୍ଡାଙ୍କ ସହିତ ଯୋଗାଯୋଗ କରି ସାଲୁନିକାକୁ ଓଲଟପୁରକୁ ପଠାଇବାର ବ୍ୟବସ୍ଥା କରିବାକୁ ଅନୁରୋଧ କରିଥିଲେ ।ପରେ ସେ କନ୍ଧମାଳ ଜିଲ୍ଲାପାଳଙ୍କୁ ମଧ୍ୟ ଏକ ଚିଠିଲେଖି ପୀଡ଼ିତା ଝିଅକୁ ସଂସ୍ଥାକୁ ପଠାଇଲେତାହାର ଚିକିତ୍ସା ସଂସ୍ଥା ତରଫରୁ ସମ୍ପୂର୍ଣ୍ଣ ମାଗଣାରେ କରାଯିବ ବୋଲି କହିଛନ୍ତି । ସଂସ୍ଥା ଠାରୁ ଚିଠି ପାଇବା ପରେ ଜିଲ୍ଲାପାଳ ମଧ୍ୟ ତୁରନ୍ତ ତତ୍ପରତା ପ୍ରକାଶ କରି ଜିଲ୍ଲା ଚିକିତ୍ସାଧିକାରୀଙ୍କୁ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ରାଷ୍ଟ୍ରୀୟ ବାଲ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ଜରିଆରେ ଖୁବ ଶୀଘ୍ର ପୀଡ଼ିତା ଝିଅ ସାଲୁନିକାକୁ ଓଲଟପୁର ସ୍ଥିତ ନିରତାର୍ କୁ ପଠାଇବା ବ୍ୟବସ୍ଥା କରୁଥିବା ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ରାଜଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି । ଏଭଳି ସ୍ଥଳେ ଆସନ୍ତା ସୋମବାର କିମ୍ବା ମଙ୍ଗଳବାର ଦିନ ସାଲୁନିକାର ଚିକିତ୍ସା ପାଇଁ କଟକ ସ୍ଥିତ ଓଲଟପୁରକୁ ନିଆଯିବ ବୋଲି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

# ୩ ବର୍ଷ ହେଲା ଭାଙ୍ଗି ଯାଇଥିବା କସଲକୋଣ୍ଡା ବ୍ରିଜ ଓ ରାସ୍ତା ମରାମତି ପାଇଁ ଦାବୀ

ମାଲକାନଗିରି, (ପିଏନ)-ଗତ ୩ ବର୍ଷ ତଳେ ମାଲକାନଗିରି ଜିଲ୍ଲା କାଲିମେଲା ବ୍ଲକ ଚିନ୍ତଲବାଡା ପଂଚାୟତ କସଲକୋଣ୍ଡା ଗାଁ ମୁଖ୍ୟ ରାସ୍ତା କୁ ସଂଯୋଗ କରୁଥିବା ଗମ୍ପାକୋଣ୍ଡା କେନାଲ ରାସ୍ତାରୁ ଯାଇଥିବା ଗ୍ରାମ୍ୟ ଉନ୍ନୟନ ବିଭାଗ ର ରାସ୍ତା ଓ ବ୍ରିଜ ଧୋଇହୋଇଯାଇଥିଲା । ହେଲେ ଆଜି ପ୍ରଯ୍ୟନ୍ତ ଉକ୍ତ ବ୍ରିଜ ନିର୍ମାଣ କରାଯାଇନଥିବାରୁ ଏହି ରାସ୍ତାଦେଇ ଯାଉଥିବା ଲୋକ ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ବ୍ରିଜ ର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇ ପଡ଼ିଥିବାରୁ ଏହି ରାସ୍ତାଦେଇ ଚାଲିଚାଲି ଯିବା କଷ୍ଟକର ହୋଇପଡୁଛି ।

ପ୍ରକାଶ ଥାଉକି ଗମ୍ପାକୋଣ୍ଡା ମୁଖ୍ୟ କେନାଲ ରୁପୁରୁଣା ପଂଚାୟତ ଅଫିସ ପର୍ଯ୍ୟନ୍ତ ପ୍ରାୟ ୨ କିମି ରାସ୍ତା ବର୍ଷାରେ ଧୋଇହୋଇଯାଇଛି । ଏହି ରାସ୍ତାର ମଧ୍ୟ ଭାଗରେ କସଲ କୋଣ୍ଡା ନାଳ ରହିଛି, ଯାହାର ଲମ୍ୱ ୧ ୫ ମିଟର । ଉକ୍ତ ରାସ୍ତା ଚିନ୍ତଲବାଡା ଓ ଗୁମୁକା ପଂଚାୟତକୁ ସଂଯୋଗ କରୁଥିବାରୁ ବହୁ ଲୋକ ସୁବିଧାରେ ଯାତାୟାତ କରୁଥିଲେ । ତେବେ ୩ ବର୍ଷ ଧରି ରାସ୍ତା ଓ ବ୍ରିଜ ମରାମତି ହୋଇନଥିବାରୁ କସଲକୋଣ୍ଡା, ସିନ୍ଧିଗୁଡା, ଏବଂ ନିକଟରେ ଥିବା ଅନ୍ୟ ୬ ଟି ଗାଁ ର ଶତାଧିକ ଲୋକ ନାହିଁ ନଥିବା ଦୁର୍ଦ୍ଦର୍ଷା ଭୋଗୁଛନ୍ତି । ସାଧାରଣତଃ କାହାର ଦେହ ଖରାପ ହେଲେ ରୋଗୀ, ଗର୍ଭବତୀଙ୍କୁ ଚିକିତ୍ସାଳୟ ନେବାକୁ ଗାଁ ନିକଟକୁ ଆମ୍ବୁଲାନ୍ସ ଆସିପାରେନାହିଁ !ଫଳରେ ରୋଗୀଙ୍କୁ ଖଟିଆରେ ବୋହିବାକୁ ପଡିଥାଏବୋଲି କସଲକୋଣ୍ଡା ଗ୍ରାମର ୱାର୍ଡ ମେମ୍ବର ଈରମେ କବାସୀ କହିଛନ୍ତି । ମରାମତି ପାଇଁ ପ୍ରଶାସନ ପାଖରେ ଅଞ୍ଚଳବାସୀ ବାରମ୍ବାର ଦାବି କରିଆସୁଥିଲେ ସୁଦ୍ଧା କେହି ଶୁଣୁ ନ ଥିବା ପଂଚାୟତବାସୀ ଅଭିଯୋଗ କରିଛନ୍ତି !ଜିଲ୍ଲା ପ୍ରଶାସନ ପକ୍ଷରୁ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେବାପାଇଁ ଦାବୀ ହେଉଛି !

## ବିବାହର ପ୍ରତିଶ୍ରୁତି ଦେଇ ମାସମାସ ଧରି ଯୁବତୀଙ୍କୁ ଦୁଷ୍କର୍ମ

# ୬ମାସର ଗର୍ଭବତୀ ପରେ ସଂପୃକ୍ତ ଯୁବକ ଫେରାର, ଦୈତାରୀ ଥାନାରେ ଏତଲା

ହରିଚନ୍ଦନପୁର, (ପିଏନ) ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ମାସମାସ ଧରି ଯୁବତୀଙ୍କ ସହ ଦୁଷ୍କର୍ମ, ୬ମାସର ଗର୍ଭବତୀ ହେବା ପରେ ସଂପୃକ୍ତ ଯୁବକ ଫେରାର ହୋଇଯାଇଥିବା ନେଇ ଦୈତାରୀ ଥାନାରେ ଲିଖିତ ଅଭିଯୋଗ ହୋଇଛି ।ଖବର ଅନୁଯାୟୀ କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଦୈତାରୀ ଥାନା ଅନ୍ତର୍ଗତ ଆଲୁତୁମା ଗ୍ରାମର ଯାତ ଦେହୁରୀଙ୍କ ଝିଅ (ଛଦ୍ମନାମ) ଜମୁନା(୧୮)ଙ୍କ ସହ ଗ୍ରାମର ଝଂପିତାମ୍ବର ଦେହୁରୀଙ୍କ ପୁଅ ସୁଶାନ୍ତ ଦେହୁରୀ ପ୍ରେମ ସମ୍ପର୍କ ରଖିଥିଲେ । ପରେ ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ଯୁବତୀଙ୍କୁ ଦୀର୍ଘ ମାସ ଧରି ଦୁଷ୍କର୍ମ କରିଥିଲେ । ଯୁବତୀ ଜଣଙ୍କ ଗର୍ଭବତୀ ହେବା ପରେ ଯୁବକଙ୍କୁ ଘଟଣା ସମ୍ପର୍କରେ ଜଣାଇବା ପରେ ଯୁବକ ଜଣଙ୍କ ଫେରାର୍ ହୋଇଯାଇଥିଲେ । ଯୁବକ ଜଣଙ୍କ ଫେରାର୍ ହୋଇଯିବା ନେଇ ପୀଡ଼ିତା ଜଣଙ୍କ କିଛି ଉପାୟ ନପାଇ ମାଆ ଗୁଣ୍ଠ ଦେହୁରୀଙ୍କୁ ଘଟଣା ସମ୍ପର୍କ ସବୁ କଥା ଜଣାଇଥିଲେ । ଝିଅ ଠାରୁ ସମସ୍ତ ଘଟଣା ସମ୍ପର୍କରେ ଜାଣିବା ପରେ ସମାଧାନ ନିମନ୍ତେ ଗ୍ରାମର ଭଦ୍ର ଲୋକଙ୍କ ଏକ ସଭା ବସିଥିଲା । ହେଲେ ଉକ୍ତ ସଭାରେ ଉଚିତ୍ ନ୍ୟାୟ ମିଳିବା ଭଳି କୌଣସି ସମାଧାନ ବାଟ ବାହାରିନଥିଲା । ଶେଷରେ କିଛି ଉପାୟ ନପାଇ ନ୍ୟାୟ ଆଶାରେ ପରିବାର ସହ ପୀଡ଼ିତା ଦୈତାରୀ ଥାନା ଦ୍ୱାରସ୍ଥ ହୋଇ ଏକ ଲିଖିତ ଅଭିଯୋଗ କରିଥିଲେ । ଏଥିସହ ଯୁବକଙ୍କ ପରିବାର ସବୁ ସମ୍ପର୍କରେ ଜାଣିବା ପରେ ତାଙ୍କୁ ଲୁଚାଇ ରଖିଥିବା ପୀଡ଼ିତା କହିଛନ୍ତି । ଅଭିଯୋଗକୁ ଭିତି କରି ପୋଲିସ ଏକ ମାମଲା ରୁଜୁ କରି ପୀଡ଼ିତାଙ୍କୁ କେନ୍ଦୁଝର ମୁଖ୍ୟ ଚିକିତ୍ସାଳୟରେ ଡ଼ାକ୍ତରୀମାଇନା କରିବା ପରେ ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି । ହେଲେ ଗତ ମଙ୍ଗଳବାର ଥାନାରେ ଅଭିଯୋଗ ହୋଇଥିଲା ବେଳେ ଆଜି ପର୍ଯ୍ୟନ୍ତ ପୋଲିସ ସଂପୃକ୍ତ ଯୁବକଙ୍କ ପତା ପାଇନଥିବା କାରଣରୁ ନ୍ୟାୟ ଆଶାରେ ଚାହିଁ ରହିଥିବା ପୀଡ଼ିତା ମଧ୍ୟରେ ଧିରେ ଧିରେ ଆଶା ତୁଟିବାକୁ ବସିଛି । ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଇ ଯଥାଶୀଘ୍ର ପୀଡ଼ିତାଙ୍କୁ ଉଚିତ୍ ନ୍ୟାୟ ପ୍ରଦାନ କରାଇବାକୁ ଗ୍ରାମବାସୀ ଓ ପୀଡ଼ିତା ଦାବି କରିଛନ୍ତି ।

## ଆଦର୍ଶ ଚାଷୀ ଏକାକୀ ମହିଳା ମିତା ପ୍ରଧାନ

# ଆତ୍ମନିର୍ଭରଶୀଳ ହୋଇଛନ୍ତି ଆକ୍ସନଏଡ ସହାୟତାରେ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଦାରିଙ୍ଗବାଡି ଅଂଚଳରେ ଥିବା ସୁନ୍ଦରଗଡ ଗାଁରେ ଆତ୍ମନିର୍ଭରଶୀଳ ହୋଇଛନ୍ତି ସେହି ଗାଁର ଏକାକୀ ମହିଳା ମିତା ପ୍ରଧାନ । ସ୍ୱେଚ୍ଛାସେବୀ ଅନୁଷ୍ଠାନ ଆକ୍ସନଏଡ୍ ସହାୟତାରେ ସେ ନିର୍ଭରଶୀଳ ହୋଇ ହୋଇପାରିଛନ୍ତି ଜଣେ ସଫଳ ଚାଷି ଅନୁଷ୍ଠାନ ତରଫରୁ ତାଙ୍କୁ ପ୍ରଦାନ କରାଯାଇଥିଲା ୫ ହଜାର ଟଙ୍କା ସେଥିରୁ ସେ ତାଙ୍କ ଜମିରେ ଆରମ୍ଭ କରିଛନ୍ତି ବନ୍ଧାକୋବି ଓ ବାଦାମ ଚାଷ ସେଥିରେ ସେ ବର୍ତ୍ତମାନ ଅଂଚଳର ଜଣେ ସଫଳ ଚାଷି ସାଜିଛନ୍ତି । ୨୦୧୮ ମସିହାରେ କୌଣସି କାରଣ ବସତଃ ଅସୁସ୍ଥ ହେବାପରେ ସ୍ୱାମୀ ମିଲନ ପ୍ରଧାନଙ୍କ ଦେହାନ୍ତ ହେବାପରେ ୨ ବର୍ଷ ଏବଂ ୫ ବର୍ଷର ଦୁଇଟି କନ୍ୟା ସନ୍ତାନକୁ ନେଇ କିପରି ଚଳିବେ ତାହା ତାଙ୍କ ପାଇଁ ହୋଇଥିଲା ଏକ ବଡ ଆହ୍ୱାନ କିପରି ପରିବାର ପୋଷଣ କରିବେ ଏବଂ ତାଙ୍କର ଝିଅମାନଙ୍କୁ କିପରି ବଡ କରିବେ ତାହା ସାଜିଥିଲା ବଡ ଚିନ୍ତା । ବର୍ତ୍ତମାନ ତାଙ୍କ ପାଖରେ ଥିବା ପ୍ରାୟ ୩ ଏକରରୁ ଅଧିକ ଚାଷ ଜମିରେ କରିଛନ୍ତି ସେ ବନ୍ଧାକୋବି,ବାଦାମ ଓ ବିଭିନ୍ନ ପନିପରିବା ଚାଷ ଏବଂ ସେଥିରେ ତାଙ୍କର ପରିବାରର ଅର୍ଥିକ ଉନ୍ନତି ହେବାସହିତ ସେ ମଧ୍ୟ ଜଣେ ଏକାକି ଆତ୍ମନିର୍ଭରଶୀଳ ମହିଳା ହୋଇ ତାଙ୍କପରି ଏକାକୀ ମହିଳା ମାନଙ୍କ ପାଇଁ ଉଦାହରଣ ସାଜିଛନ୍ତି । ତେବେ ତାଙ୍କ ଭଳି ଦାରିଙ୍ଗବାଡି ଅଂଚଳରେ ଥିବା ଆଉ ୧୧ ଜଣ ଏକାକୀ ମହିଳାଙ୍କୁ ଆକ୍ସନଏଡ ତରଫରୁ ୫ ହାଜର ଟଙ୍କା ଲେଖାଏଁ ପ୍ରାଦାନ କରାଯିବାସହିତ ସେମାନଙ୍କୁ ସେମାନଙ୍କର ଇଚ୍ଛା ଓ ସୁବିଧା ଅନୁସାରେ ଛେଳିଚାଷ, ପନିପରିବା ଚାଷ,ମାଣ୍ଡିଆ ଚାଷ ଏବଂ ସିଆଳି ଖଲି ତିଆରି କରିବା ଭଳି ବିଭିନ୍ନ ଆତ୍ମନିର୍ଭରଶୀଳ କାମ କରି ସ୍ୱାଲମ୍ବୀ ହୋଇପାରିଛନ୍ତି । ଦାରିଙ୍ଗବାଡି ସମେତ କନ୍ଧମାଳ ଜିଲ୍ଲାରେ ଆକ୍ସନଏଡ ତରଫରୁ ଫୁଲବାଣୀ, ତୁମୁଡିବନ୍ଧ ଓ ଘୁ.ଉଦୟଗିରି ଅଂଚଳରେ ଏହିପରି ୩୧ ଜଣ ମହିଳାଙ୍କୁ ସାମାନ୍ୟ ଅର୍ଥିକ ସହାୟତା ଯୋଗାଇ ଦେବାସହିତ ସେମାନଙ୍କୁ ତାଙ୍କର ସୁବିଧା ଅନୁସାରେ କାମକରି ସେମାନଙ୍କୁ ମଧ୍ୟ ଆତ୍ମନିର୍ଭରଶୀଳ କରିବା ପାଇଁ ଉଦ୍ୟମ କରାଯାଇଛି । ସେମାନେ ମଧ୍ୟ ସେମାନଙ୍କର ପ୍ରଚେଷ୍ଟାରେ ବିଭିନ୍ନ କାର୍ଯ୍ୟ ମାଧ୍ୟମରେ ସେମାନଙ୍କ ପରିବାରର ଆର୍ଥିକ ଅଭିବୃଦ୍ଧି କରିବାରେ ଲାଗିଛନ୍ତି ବୋଲି ଦାରିଙ୍ଗବାଡି ଅଂଚଳରେ କାର୍ଯ୍ୟରତ ଆକ୍ସନଏଡର ଧନେଶ୍ୱର ସାହୁ କହିଛନ୍ତି ।

## ବିଶିଷ୍ଟ କର୍ମଚାରୀ ନେତା ଅକ୍ଷୟ ମହାକୁଡ଼ଙ୍କ ପଂଚମ ବାର୍ଷିକ ଶ୍ରାଦ୍ଧୋତ୍ସବ ପାଳିତ

ଭୁବନେଶ୍ୱର, (ପିଏନ)- ଓଡ଼ିଶା ସଚିବାଳୟ ଅମଲାସଂଘ, ଓଡ଼ିଶା ସଚିବାଳୟ ସେବାସଂଘର ପୂର୍ବତନ ସାଧାରଣ ସମ୍ପାଦକ, ସଚିବାଳୟ କର୍ମଚାରୀ ମହାସଂଘର ମହାସଚିବ, ଓଡ଼ିଶା ଶିକ୍ଷକ କର୍ମଚାରୀ ମିଳିତମଂଚର ସଂଯୋଜକ ଏବଂ ଡିଏଭି ପବ୍ଲିକ୍ ସ୍କୁଲ୍ ଅଭିଭାବକ ଆନ୍ଦୋଳନର କର୍ଣ୍ଣଧାର, ନିର୍ଭୀକ ଲଢୁଆ କର୍ମଚାରୀ ନେତା ସ୍ୱର୍ଗତ ଅକ୍ଷୟ କୁମାର ମହାକୁଡଙ୍କ ପଂଚମ ବାର୍ଷିକୀ ଶ୍ରାଦ୍ଧୋତ୍ସବ ଭୁବନେଶ୍ୱର ଓସା ହାଉସ୍‌ରେ ଚିତରଂଜନ ହୋତାଙ୍କ ଅଧ୍ୟକ୍ଷତାରେ ସାମାଜିତ ଦୂରତା ଅବଲମ୍ବନ କରାଯାଇ ଆଜି ମଧ୍ୟାହ୍ନରେ ପାଳିତ ହୋଇଯାଇଅଛି । ଏହି ଅବସରରେ ଓଡ଼ିଶା ସଚିବାଳୟ ସେବାସଂଘ ସାଧାରଣ ସମ୍ପାଦକ ବିବେକାନନ୍ଦ ସାମଲ୍, କର୍ମଚାରୀ ସଙ୍ଗଠକ ସୁବାସ ଷଡ଼ଙ୍ଗୀ, ଗିରିଜା ଶଙ୍କର ଦାସ, ମନୋରଞ୍ଜନ ଦାସ, ପ୍ରଶାନ୍ତ ନାୟକ, ବିଚିତ୍ରାନନ୍ଦ ଦାସ, ଶ୍ରୀକାନ୍ତ ରାଉତ, ପ୍ରଦୀପ୍ତ ସାମନ୍ତରାୟ, ମନୋରଞ୍ଜନ ମଲ୍ଲିକ, ସନ୍ତୋଷ ଦାଶ, ଅଭୟ ମହାନ୍ତି, ରାମ ମହାନ୍ତି, ଲକ୍ଷ୍ମୀଧର ବେହେରା ପ୍ରମୁଖ ସ୍ୱର୍ଗତ ମହାକୁଡଙ୍କ ତୈଳଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ ସହ ଦୀପଦାନ କରିଥିଲେ । ଦୁଇ ମିନିଟ୍ ନିରବ ପ୍ରାର୍ଥନା ମାଧ୍ୟମରେ ସ୍ୱର୍ଗତ ନେତାଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହିତ ତାଙ୍କ ସଂଗ୍ରାମ, ତ୍ୟାଗ ନୂତନ କର୍ମଚାରୀମାନଙ୍କୁ ଦିଗ୍‌ଦର୍ଶନ ଦେବ ବୋଲି ମତବ୍ୟକ୍ତ କରିଥିଲେ ।

# ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଠପୋଷକ ସ୍ୱାମୀ ଅଗ୍ନିବେଶଙ୍କ ରାଜ୍ୟସ୍ତରୀୟ ଶ୍ରଦ୍ଧାଞ୍ଜଳି ସଭା

ଭୁବନେଶ୍ୱର, (ପିଏନ)- ବିଶିଷ୍ଟ ସାମାଜିକ କାର୍ଯ୍ୟକର୍ତ୍ତା, ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଠପୋଷକ, ସଂସ୍କାରବାଦୀ ସନ୍ନ୍ୟାସୀ ସ୍ୱାମୀ ଅଗ୍ନିବେଶଙ୍କ ଉଦ୍ଦେଶ୍ୟରେ ଆର୍ଯ୍ୟସମାଜ, ଓଡ଼ିଶା ପକ୍ଷରୁ ଏକ ଶ୍ରଦ୍ଧାଞ୍ଜଳି ସଭା ଜୁମ୍ ଭିଡ଼ିଓ ଯୋଗେ ସଭାପତି ଆର୍ଯ୍ୟକୁମାର ଜ୍ଞାନେନ୍ଦ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ପ୍ରାରମ୍ଭରେ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡା ବେଦମନ୍ତ୍ର ପାଠ କରିବା ପରେ ଶ୍ରଦ୍ଧାଞ୍ଜଳି ଜଣାଇ ଦିବ୍ୟଜୀବନ ସଂଘର ସନ୍ନ୍ୟାସୀ ସ୍ୱାମୀ ଜଗନ୍ନାଥାନନ୍ଦ ମହାରାଜ କହିଲେ ଯେ, ମହର୍ଷି ଦୟାନନ୍ଦଙ୍କର ସଚ୍ଚା ଶିଷ୍ୟ ଥିଲେ ସ୍ୱାମୀ ଅଗ୍ନିବେଶ, ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ସେ ପ୍ରକୃତରେ ଥିଲେ ସାମାଜିକ କ୍ରାନ୍ତିର ଜଣେ ବାର୍ତ୍ତାବହ । ବିଶିଷ୍ଟ ଶିକ୍ଷାବିତ୍ ଡଃ ପ୍ରଫେସର ହରେକୃଷ୍ଣ ଶତପଥି କହିଲେ ଯେ, ସ୍ୱାମିଜୀ ଅଗ୍ନିବେଶ ନାମକୁ ସାର୍ଥକ କରିଥିଲେ । ତାଙ୍କର ବକ୍ତବ୍ୟରେ ଅଗ୍ନିସ୍ଫୁଲିଙ୍ଗ ସୃଷ୍ଟି କରୁଥିଲା । ଶିକ୍ଷାବିତ୍ ଡଃ ବଦ୍ରୀନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସେ ଥିଲେ ଗୋତିଶ୍ରମିକମାନଙ୍କର ତ୍ରାଣକର୍ତ୍ତା । ସମାଜବାଦୀ ପାର୍ଟିର ସଭାପତି ରବି ବେହେରା କହିଲେ ଯେ, ଆମେ ଗର୍ବିତ ଯେ, ସେ ଓଡ଼ିଶାରେ ଜନ୍ମ ହୋଇଥିଲେ । ବରିଷ୍ଠ କଂଗ୍ରେସ ନେତା ଅଧ୍ୟାପକ କୈଳାସ ଆଚାର୍ଯ୍ୟ କହିଲେ ଯେ, ସ୍ୱାମିଜୀ ମରିନାହାଁନ୍ତି, ସ୍ୱାମିଜୀଙ୍କୁ ଗୋଟିଏ ନିର୍ଦ୍ଦିଷ୍ଟ ଦଳର ଗୁଣ୍ଡାମାନେ ମାରିଦେଲେ । ଘାତକମାନେ ସରକାରୀ ପୃଷ୍ଠପୋଷକତାରେ ଏବେବି ବୁଲୁଛନ୍ତି । ଡ଼ି.ଏ.ଭି.ର ବରିଷ୍ଠ କାର୍ଯ୍ୟକର୍ତ୍ତା ଡଃ ହିମାଂଶୁ ମହାନ୍ତି କହିଲେ ଯେ, ଓଡ଼ିଶାର ପ୍ରତ୍ୟେକଟି ସମସ୍ୟା ସହିତ ନିଜକୁ ସାମିଲ୍ କରିଥିଲେ । ସେ ପୋସ୍କୋ ହେଉ ବା ମହାନଦୀ ବଂଚାଓ ହେଉ । ମା'ଘରର ପ୍ରତିଷ୍ଠାତ୍ରୀ ସଭାନେତ୍ରୀ ଋତୁପର୍ଣ୍ଣା ମହାନ୍ତି ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସମାଜର ପଛୁଆବର୍ଗ, ବିଶେଷ ଭାବେ ଶୋଷିତଶ୍ରେଣୀ, ମହିଳାମାନଙ୍କୁ ସମାଜର ଆଗଧାଡ଼ିକୁ ଆଣିବାକୁ ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ ।ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ କୁଳପତି ଡଃ ବିମଳେନ୍ଦୁ ମହାନ୍ତି, ମହାବୋଧି ସମିତିର ଟ୍ରଷ୍ଟି ଡଃ ସୌରେନ୍ଦ୍ର ମହାପାତ୍ର, ମହର୍ଷି ଦୟାନନ୍ଦ ମିଶନ ଅଧକ୍ଷ ଡଃ ବିକାଶ ପଣ୍ଡା, ଇଂ ଗୋପିନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ । କାର୍ଯ୍ୟକ୍ରମକୁ ଡଃ ବଦ୍ରୀନାଥ ପଟ୍ଟନାୟକ ପରିଚାଳନା କରିଥିଲେ । ଶେଷରେ ଯୁବ ଆର୍ଯ୍ୟସମାଜ, ଓଡ଼ିଶାର ଅଧକ୍ଷ ପ୍ରବୀର ଆର୍ଯ୍ୟ ଧନ୍ୟବାଦ ଦେଇଥିଲେ ।

# ବିକ୍ରି ପାଇଁ ଦୋକାନ ରେ ରଖିଥିବା ପେଟ୍ରୋଲରୁ ନିଆଁ ଲାଗି ଦୋକାନ ଧୂଳିସାତ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅନ୍ତର୍ଗତ ପୋଟ୍ରେଲ ଛକ ଠାରେ ଥିବା ରାଜୁ ପାଙ୍ଗୀଙ୍କ ଦୋକାନରେ ନିଆଁ ଲାଗି ଦୋକାନଟି ସମ୍ପୂର୍ଣ୍ଣ ପୋଡି ଧୂଳିସାତ ହୋଇଯାଇଛି । ଦୋକାନ ରେ ଥିବା ପ୍ରାୟ ୭ ୦ ହଜାର ଟଙ୍କାର ଦୋକାନ ସାମଗ୍ରୀ ସହିତ ବହୁ ଆସବା ପତ୍ରପୋଡି ପାଉଁଶ ହୋଇଯାଇଛି ।ସ୍ଥାନୀୟ ଲୋକମାନେ ନିଆଁକୁ ଆୟତ କରିବାକୁ ଉଦ୍ୟମ କରିଥିଲେ ହେଲେ ନ ପାରିବାରୁ ଏ ସମ୍ପର୍କରେ କୋରୁକୋଣ୍ଡା ଅଗ୍ନିଶମ ବିଭାଗ କୁ ଖବର ଦେଇଥିଲେ !ଅଗ୍ନିଶମ କର୍ମଚାରୀମାନେ ଘଟଣା ସ୍ଥଳରେ ପହଂଚି ଦୀର୍ଘ ସମୟ ଧରି ସଂଘର୍ଷ କରିବାପରେ ନିଆଁକୁ ଆୟତର କରିବାରେ ସଫଳ ହୋଇଥିଲେ ।ମିଳିଥିବା ସୂଚନା ଅନୁଯାୟୀ ଦୋକାନରେ ବିକ୍ରୀ କରିବା ନିମନ୍ତେ ଏକ ପ୍ଲାଷ୍ଟିକ ଜାରକିନ ରେ ପ୍ରାୟ ୬ ୦ ଲିଟର ପେଟ୍ରୋଲ ରଖିଥିଲେ ତେବେ କୋଣସି କାରଣରୁ ଜାରକିନ ରେ ନିଆଁ ଲାଗିଯାଇଥିଲା । ଫଳରେ ପେଟ୍ରୋଲର ନିଆଁ ଉଗ୍ରରୂପ ନେବା ସହ ସମଗ୍ର ଦୋକାନ କୁ ପୋଡି ଜାଳି ଦେଲା ।ଏହି ଅଗ୍ନିକାଣ୍ଡରେ ଲୋକଙ୍କ କିଛି କ୍ଷତି ହୋଇନାହିଁ । ଜିଲ୍ଲାର ବିଭିନ୍ନ ଅଂଚଳରେ ଅନେକ ପେଟ୍ରୋଲ ଟାଙ୍କି ରହିଛି । ହେଲେବି ଜିଲ୍ଲାର ବିଭିନ୍ନ ଅଂଚଳରେ କିଛି ଅସାଧୁ ବ୍ୟବସାୟୀ ନିଜ ନିଜର ଦୋକାନ ସମ୍ମୁଖରେ ବେଆଇନ ଭାବେ ପେଟ୍ରୋଲ ଓ ଡିଜେଲ ଖୋଲା ଖୋଲି ବିକ୍ରି କରୁଛନ୍ତି । ପୋଲିସ କିମ୍ବା ଜିଲ୍ଲା ଯୋଗାଣ ବିଭାଗର ଅଧିକାରୀ ମାନେ ନିରବ ଦ୍ରଷ୍ଟା ସାଜିଛନ୍ତି । ବେଆଇନ ଭାବେ ପେଟ୍ରୋଲ ଓ ଡିଜେର୍ଲ ବିକୁଥିବା ବ୍ୟବସାୟୀ ମାନଙ୍କ ବିରୁଦ୍ଧରେ କୌଣସି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବା ଯୋଗୁଁ ଏଭଳି ଅଗ୍ନିକାଣ୍ଡ ଘଟୁଥିବା ଅଂଚଳ ବାସୀ ଅଭିଯୋଗ କରିଛନ୍ତି ।ତେବେ ଯୋଗାଣ ବିଭାଗର ଅଧିକାରୀ ଓ ପୋଲିସ ପ୍ରଶାସନ ପକ୍ଷରୁ ତୁରନ୍ତ ଏ ଦିଗରେ ପଦକ୍ଷେପ ନେବାକୁ ଜିଲ୍ଲାବାସୀ ଦାବୀ କରିଛନ୍ତି !

# ପୋଲିସ, ପ୍ରଶାସନ ଓ ପୌରନିର୍ବାହୀ ଅଧିକାରଙ୍କ ଉପସ୍ଥିତିରେ ହେଲା ସମ୍ପର୍ଣ୍ଣ

କନ୍ଧମାଳ,(ପିଏନ)-୨ କୋଭିଡ୍ ସନ୍ଦିଗ୍ଧଙ୍କର ଫୁଲବାଣୀ ଡାକ୍ତରଖାନାରେ ଚିକିତ୍ସିତ ଅବସ୍ଥାରେ ମୃତ୍ୟୁ ହୋଇଥିଲା । ସେମାନଙ୍କ ମଧ୍ୟରୁ ଫୁଲବାଣୀ ଗଣେଷ ବଜାରର ଜଣେ ୭୫ ବର୍ଷିୟ ପୁରୁଷ ହୋଇଥିବାବେଳେ ଆଉ ଜଣେ ଅମଲାପଡା ଅଂଚଳର ଜଣେ ୮୦ ବର୍ଷର ମହିଳା ଅଟନ୍ତି । ତେବେ ସେମାନଙ୍କର ଶବ ସଂସ୍କାର ପାଇଁ ତାଙ୍କ ଆଖପାଖ ଅଂଚଳର କେହି ନଆସିବାରୁ କନ୍ଧମାଳ ଟିମ ହ୍ୟୁମାନିଟିକୁ ଜିଲ୍ଲା ପ୍ରଶାସସନ ତରଫରୁ ଏହି କାର୍ଯ୍ୟରେ ସହାୟତା ପାଇଁ ଅନୁରୋଧ କରାଯାଇଥିଲା । ଏଥିରେ ଟିମ ହ୍ୟୁମାନିଟିର ସଦସ୍ୟ ମାନେ ତୁରନ୍ତ ପ୍ରସ୍ତୁତ ହେବା ସହିତ ସଦସ୍ୟ ମାନେ କୋଭିଡ ହସପିଟାଲରେ ପହଂଚିବା ସହିତ ସମସ୍ତେ ପିପିଇ କିଟ୍ ପିନ୍ଧି ସ୍ଥାନୀୟ ଏଫ୍‌ସିଆଇ ଛକ ନିକଟରେ ଥିବା ଶ୍ମସାନରେ କୋଭିଡ ନିୟମ ଅନୁସାରେ ୨ଟି ଶବ ସଂସ୍କାର କରିଥିଲେ । ସେଠାରେ ଉଭୟ ମୃତକଙ୍କ ପରିବାରର ସ୍ୱଜ୍ଜ ସମ୍ପର୍କିୟଙ୍କ ସମେତ ପୋଲିସ ଜିଲ୍ଲା ପ୍ରଶାସନିକ ଅଧିକାରୀ ଫୁଲବାଣୀ ପୌରାଂଚଳର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ଉପସ୍ଥିତିରେ ଏହି ଦୁଇଟି ଶବକୁ ସଂସ୍କାର କରାଯାଇଛି । ଟିମ ହ୍ୟୁମାନିଟିର ଏହି ମାନବିକତା ପୂର୍ଣ୍ଣ କାର୍ଯ୍ୟକୁ ଜିଲ୍ଲା ପ୍ରଶାସନ ସମେତ ଜିଲ୍ଲାର ବିଭିନ୍ନ ବୁଦ୍ଧୀଜୀବି ମହଲରେ ପ୍ରଶଂସା କରାଯାଇଛି । ସୁଚା ଯୋଗ୍ୟ ଟିମ ହ୍ୟୁମାନିଟି ଗତ କଟି ଦିନ ହେଲା ଫୁଲବାଣୀ ସମେତ ସମଗ୍ର କନ୍ଧମାଳ ଜିଲ୍ଲାରେ ସଡକ ଦୁର୍ଘଟଣାର ଆହତ ମାନଙ୍କ ସହିତ ସ୍ନେକ ହେଲ୍ପଲାଇନ୍ ଜରିଆରେ ଲୋକଙ୍କ ଘରେ ପଶିଥିବା ସାପକୁ ଧରିବା ସହିତ ତାକୁ ନେଇ ସୁରକ୍ଷିତ ଭାବରେ ଜଙ୍ଗଲରେ ଛାଡିବା,ରକ୍ତଦାନ କ୍ଷେତ୍ରରେ କାର୍ଯ୍ୟ କରିବା ଭଳି ଅନ୍ୟାନ୍ୟ ସେମା ମୁଳକ କାର୍ଯ୍ୟରେ ଅସହାୟ ଲୋକଙ୍କୁ ସେବା ଦେଇ ଆସୁଛି । ତେବେ ଆଜିର ଏହି କାର୍ଯ୍ୟ ପାଇଁ ଟିମ ହ୍ୟୁମାନିଟିର ସଦସ୍ୟ ମାନଙ୍କୁ ଜିଲ୍ଲାର ସବୁ ସ୍ତରରୁ ପ୍ରଶଂସାର ସୁଅ ଛୁଟିଛି ।




# ରାସ୍ତାରେ ହେଲା ପ୍ରସବ; ଶିଶୁପୁତ୍ରର ମୃତ୍ୟୁ ପ୍ରସୂତୀକୁ ମିଳିଲାନି ଚିକିତ୍ସା

## ଟାଟାଷ୍ଟିଲ ଭୁଲିଗଲା ମାନବିକତା



ଯୋଡ଼ା (ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକା ୯ ୱାର୍ଡ ଗୋପ ହଟିଂ ସ୍ଥିତ ମଙ୍ଗଳାମନ୍ଦିର ନିକଟ ରାସ୍ତାରେ ଜନ୍ମ ହୋଇଛି ଏକ ଶିଶୁପୁତ୍ର । ଭୂମିଷ୍ଠ ହେବା ପରେ ଶିଶୁପୁତ୍ରଟିର ମୃତ୍ୟୁ ହୋଇଯାଇଥିବା ଖବର ହସ୍ତଗତ ହୋଇଛି । ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସର୍ବାଧିକ ଖଣି ରାଜସ୍ୱ ଦେଉଥିବା ଖଣି ଉପତ୍ୟକା ଯୋଡା ସହରରେ । ପ୍ରତ୍ୟେକ୍ଷ ସୂତ୍ରରୁ ପ୍ରକାଶ ଯେ ସୋମବାର ରାତ୍ର ପ୍ରାୟ ସାଢେ ୧୦ଟା ସମୟରେ ଜଲହରୀ ପ ାୟତ ଅଧୀନରେ ଆଇଟିସି କଲୋନୀ ନିବାସୀ କପିଳାସ ନାଏକ ତାଙ୍କ ପତ୍ନୀ ସୁକମତୀ ପୂ ୍ଁ ଏବଂ ତାଙ୍କ ଶାଶୁ ଘାସ ନାଏକ ସୁକୁମତୀଙ୍କୁ ଦୁଇ କାନ୍ଧର ସାହାରାରେ ମଙ୍ଗଳାମନ୍ଦିର ରାସ୍ତା ଦେଇ ସରକାରୀ ଡାକ୍ତରଖାନାକୁ ନେଉଥିବା ବେଳେ ପ୍ରସବ ବେଦନା ସହିନପାରି ସୁକୁମତୀ ରାସ୍ତାରେ ଉପରେ ଶିଶୁପୁତ୍ରକୁ ଜନ୍ମ ଦେଇଥିଲେ । ହେଲେ ଶିଶୁପୁତ୍ରଟିର କିଛିକ୍ଷଣ ପରେ ମୃତ୍ୟୁ ଘଟିଥିଲା । ପ୍ରସବ ବେଦନାର ଚିତ୍କାର ଏବଂ ମୃତ ଶିଶୁପୁତ୍ରର ଦୁଃଖରେ ମ୍ରିୟମାଣ ମୃତ ଶିଶୁର ମା'ଙ୍କର କ୍ରନ୍ଦନ ବସ୍ତିବାସିନ୍ଦାଙ୍କ ନିଦ ହଜାଇ ଦେଇଥିଲା । ଏସମ୍ପର୍କରେ ବିଦ୍ଧିବଦ୍ଧ ଭାବେ ସୁକୁମତୀଙ୍କ ସ୍ୱାମୀ କପିଳାସଙ୍କ ଠାରୁ ଜାଣିବାକୁ ମିଳିଥିଲା ଯେ ସୋମବାର ଅପରାହ୍ନ ୨ଟା ବେଳେ ସେ ଓ ତାଙ୍କ ପରିବାର ସୁକୁମତୀଙ୍କୁ ପ୍ରସବ ପାଇ ଯୋଡା ସ୍ଥିତ ସରକାରୀ ଡାକ୍ତରଖାନାରେ ଭ ୍ତି କରିଥିଲେ । ସେଠାରେ ତାଙ୍କର ଅବସ୍ଥା ଜଟିଳ ଥିବାରୁ ତାଙ୍କୁ ଡାକ୍ତରଖାନା ପକ୍ଷରୁ କେନ୍ଦୁଝର କିମ୍ବା ଚମ୍ପୁଆ ନେବା ପାଇଁ କୁହାଯାଇଥିଲେ ହେଁ ସମ୍ବଳ ଅଭାବରୁ ସେ ଟାଟା କମ୍ପାନୀ ଡାକ୍ତରଖାନାକୁ ନେଇଯାଇଥିଲେ । ସେଠାରେ ତାଙ୍କୁ ଚିକିତ୍ସା କରାଯିବା ପରିବର୍ ୍ତେ କେବଳ କୋଭିଡ ଟେଷ୍ଟ କରାଇ କୌଣସି ରିପୋର୍ଟ ନଦେଇ ତାଙ୍କୁ ପୁନଃ ସରକାରୀ ଡାକ୍ତରଖାନାକୁ ପଠାଇ ଦିଆଯାଇଥିଲା । ସେଠାରୁ ସରକାରୀ ଡାକ୍ତରଖାନାକୁ ଆସିବା ପାଇଁ କୌଣସି ଗାଡି କିମ୍ବା ଆମ୍ବୁଲାନ୍ସର ସୁବିଧା ନମିଳିବାରୁ ଶେଷରେ ସୁକୁମତୀ ପୂ ୍ଁଙ୍କ ସ୍ୱାମୀ ଓ ଶାଶୁ ଦୁଇ କାନ୍ଧରେ ଆଶ୍ରା କରି ପାଦରେ ଚାଲି ଚାଲି ମଙ୍ଗଳାମନ୍ଦିର ଦେଇ ରାସ୍ତା ଅତିକ୍ରମ କରୁଥିବା ବେଳେ ଗର୍ଭବତୀ ମହିଳା ସୁକୁମତୀଙ୍କ ରାସ୍ତାରେ ପ୍ରାୟ ରାତ୍ର ୧୧ଟା ବେଳେ ସନ୍ତାନ ପ୍ରସବ ହୋଇଯାଇଥିଲା । ଶିଶୁପୁତ୍ରଟିର ଜନ୍ମ ହେବାର କିଛି ସମୟ ପରେ ମୃତ୍ୟୁ ହୋଇଯାଇଥିଲା । କ୍ରନ୍ଦନ ଏବଂ ଚିତ୍କାର ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଆସି ଦେଖିବା ପରେ ସମସ୍ତେ ସ୍ତବ୍ଧ ହୋଇଯାଇଥିଲେ । କାରଣ ଶିଶୁପୁତ୍ର ଜନ୍ମ ହେବା ପରେ ଶିଶୁପୁତ୍ରଟିର ନାଭି ମା' ସହିତ ସଂଯୋଗ ହୋଇ ରହିଥିଲା । ମାଙ୍କର ଜୀବନ ପ୍ରତି ବିପଦ ଥିବାରୁ ତୁରନ୍ତ ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସକୁ ଖବର ଦେବା ସହିତ ଟାଟାକମ୍ପାନୀ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଫୋନ ଯୋଗେ ଜଣାଇଥିଲେ । ତେବେ ବଡବିଲରୁ ୧୦୮ ଆମ୍ବୁଲାନ୍ସଟି ପହ ୍ଚି ସୁକୁମତୀଙ୍କୁ ମୃତ ଶିଶୁପୁତ୍ର ସହ ସ୍ଥାନୀୟ ସରକାରୀ ଡାକ୍ତରଖାନାରେ ଭ ୍ତି କରିଥିଲେ । ଏହି ଘଟଣା ପ୍ରଘଟ ହେବା ପରେ ଜନସାଧାରଣଙ୍କ ମନରେ ଘରୋଇ ଡାକ୍ତରଖାନା ପ୍ରତି ପ୍ରବଳ ଆକ୍ରୋଶ ଦେଖାଯାଇଥିଲା । ଯୋଡା ବିକାଶ ପରିଷଦ ପକ୍ଷରୁ ସଭାପତି ନିରଞ୍ଜନ ବହିଦାର କ୍ଷୋଭର ସହ ନିଜର ପ୍ରତିକ୍ରିୟାରେ କହିଛନ୍ତି ଯେ ଟାଟା ଖଣି ଖାଇ ପାଣି ଖାଇଲା ହେଲେ ପ୍ରଭାବିତ ଲୋକଙ୍କର ସେବାକୁ ନିଜର ଦାୟିତ୍ୱ ବଦଳରେ ଦୟା ବୋଲି ଭାବିଲା । ଏସମ୍ପର୍କରେ ଟାଟା କମ୍ପାନୀ ଡାକ୍ତରଖାନା ମୁଖ୍ୟ ଚିକିତ୍ସାଧିକାରୀ ଏମ.କେ.ତ୍ରିପାଠୀ ତାଙ୍କ ପ୍ରତିକ୍ରିୟାରେ କହିଥିଲେ ଯେ ମହିଳା ଜଣକ ଚିକିତ୍ସା ନିମନ୍ତେ ଏଠାକୁ ଆସିଥିବା ସେ ଜାଣିଛନ୍ତି । ଏବଂ ତାଙ୍କର କୋଭିଡ ଟେଷ୍ଟ ମଧ କରାହେବା ପରେ କରୋନା ପଜିଟିଭ ରିପୋର୍ଟ ଜଣାପଡିଛି । ରୋଗୀ ଏଠାରୁ ଚାଲିଯିବା ସମ୍ପର୍କରେ ସେ ତଦନ୍ତ କରିବେ । ତଦନ୍ତ ପରେ କାର୍ଯ୍ୟାନୁଷ୍ଠନ ଗ୍ରହଣ କରାଯିବ ବୋଲି ସେ କହିଥିଲେ । ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଟାଟାଷ୍ଟିଲ ଡାକ୍ତରଖାନା ପରିସର ମଧ୍ୟରେ କୋଭିଡ ଡାକ୍ତରଖାନା ଥିବା ସ ୍ୱେ କିପରି ମହିଳାଙ୍କୁ ଚିକିତ୍ସା କରାନଯାଇ କିପରି ଦାୟିତ୍ୱହୀନ ଭାବେ ପଠାଇ ଦିଆଗଲା ଓ ଆମ୍ବୁଲାନ୍ସଟିଏ ମଧ ତାଙ୍କୁ ଦିଆଗଲା ନାହିଁ ଏହା ଜନସାଧାରଣଙ୍କ ପ୍ରଶ୍ନ । ତେଣେ ସରକାରୀ ଡାକ୍ତରଖାନାରୁ ପ୍ରସବ ଚିକିତ୍ସା ହେବା ପରେ ମହିଳା ଓ ତାଙ୍କ ପରିବାର ଜଲହରୀ ସ୍ଥିତ ଆଇଟିସି ଗ୍ରାମକୁ ଚାଲି ଯାଇଛନ୍ତି । ଯାହାକୁ ସଂକ୍ରମଣର ଆଶଙ୍କାକୁ ବଢାଇ ଦେଇଛି । ଏନେଇ ଟାଟା କମ୍ପାନୀ କର୍ପୋରେଟ କମ୍ୟୁନିକେଶନର ଅଧିକାରୀ ଆଶିଷ ଆଚାର୍ଯ୍ୟ ପ୍ରେସ ବିବୃ ି ଦେଇ ସୂଚନା ଦେଇଛନ୍ତି ଯେ ସୁକୁମତୀ ପୂ ୍ଁଙ୍କୁ ଅକ୍ଟୋବର ୫ ତାରିଖ ରାତି ପ୍ରାୟ ୮.୪୦ ମିନିଟରେ ଟାଟାଷ୍ଟିଲ ହସ୍ପିଟାଲକୁ ଅଣାଯାଇଥିଲା । ହସ୍ପିଟାଲରେ ୨ଜଣ ସ୍ତ୍ରୀ ଓ ପ୍ରସୂତୀ ବିଭାଗର ବିଶେଷଜ୍ଞ ଅଛନ୍ତି । ଜଣେ ଡାକ୍ତର ସଙ୍ଗରୋଧରେ ଥିବାରୁ ସେ ରୋଗୀଙ୍କୁ ଦେଖି ପାରିବେ ନାହିଁ । ଦ୍ୱିତୀୟ ଡାକ୍ତର କୋଭିଡରୁ ଏବେ ସୁସ୍ଥ ହୋଇଛନ୍ତି ଓ ସେହି ସମୟରେ ସେ ଅସୁସ୍ଥତା ଅନୁଭବ କରିବାରୁ ଡାକ୍ତରଖାନାକୁ ଆସିପାରିନଥିଲେ । ଏପରିସ୍ଥିତିରେ ରୋଗୀଙ୍କୁ ଏଠାରେ ଭ ୍ତି କରିବା ସମ୍ଭବପର ନଥିବାରୁ ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ପରାମର୍ଶ ଦିଆଯାଇଥିଲା ।

## ବିଷୟ-ୱାର୍ଡ଼ ନଂ ୩୮ରେ କରୋନା ସଚେତନତା କାର୍ଯ୍ୟକ୍ରମ

ଭୁବନେଶ୍ୱର,(ପିଏନ)-ନୟାପଲ୍ଲୀ ୱାର୍ଡ଼ ନଂ ୩୮ ର ବାଲିତୋଟାସାହି ବସ୍ତିରେ କରୋନା ସଚେତନତା କାର୍ଯ୍ୟକ୍ରମ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ୱାର୍ଡ଼ ନଂ ୩୮ର ପୂର୍ବତନ କର୍ପୋରେଟର୍ ନିଖିଳ କୁମାର ବଳବନ୍ତରାୟ, ଡେପୁଟୀ ସେକ୍ରେଟେରୀ ସ୍ପୋଟସ୍ ସିଳେନ୍ଦ୍ର କୁମାର ଜେନା, ଜେ.ଡି.ସି.ଓ ପ୍ରତାପ ପ...ନାୟକ, ୱାର୍ଡ଼ ଅଫିସର ନିଳମାଧବ ବିଶ୍ୱାଳ, କମ୍ୟୁନିଟି ଅର୍ଗାନାଇଜର୍ ନିବେଦିତା ଦାସ୍, ସାନିଟାରୀ ଇନସ୍ପେକ୍ଟର ସୁନିଲ କୁମାର ସାହୁ ଓ ୱାର୍ଡ଼ର ସମସ୍ତ ସୁପରଭାଇଜର ଉପସ୍ଥିତ ରହି ଜନସାଧାରଣ କିପରିଭାବେ କରୋନାରୁ ବିତ ହେବେ ସେ ବାବଦରେ ନିଜ ନିଜର ବକ୍ତବ୍ୟ ପ୍ରଦାନ କରିବା ସହ ସଚେତନତାର ବାର୍ତ୍ତା ବନ କରିଥିଲେ । ଏହି କାର୍ଯ୍ୟକ୍ରମରେ ୱାର୍ଡ଼ ନଂ-୩୮ର ବାଲିତୋଟାସାହି ବସ୍ତିର ଅନେକ ମହିଳା ଓ ଯୁବବନ୍ଧୁମାନେ ଉପସ୍ଥିତ ଥିଲେ ।

## ବାଲେଶ୍ୱର ସଦର ବିଧାନସଭା ଆସନ ଉପ ନିର୍ବାଚନ: ନିର୍ଦ୍ଦିଷ୍ଟ ବର୍ଗଙ୍କ ପାଇଁ ପୋଷ୍ଟାଲ ବାଲଟ୍ ସୁବିଧା

ବାଲେଶ୍ୱର(ପିଏନ)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପ- ନିର୍ବାଚନରେ ନିର୍ଦ୍ଦିଷ୍ଟ କିଛି ବର୍ଗର ବ୍ୟକ୍ତିବିଶେଷଙ୍କୁ ପୋଷ୍ଟାଲ ବାଲଟ୍ ସୁବିଧା ଯୋଗାଇ ଦିଆଯିବ । ଏ ସଂକ୍ରାନ୍ତରେ ଭାରତର ନିର୍ବାଚନ କମିଶନ ମାର୍ଗଦର୍ଶିକା ଜାରି କରିଛନ୍ତି । ପୂର୍ବରୁ କେବଳ ସରକାରୀ କର୍ମଚାରୀ ଏବଂ ନିର୍ବାଚନ କାର୍ଯ୍ୟରେ ନିୟୋଜିତ ଥିବା ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ମିଳୁଥିବା ବେଳେ ବର୍ତ୍ତମାନ ଆହୁରି ତିନୋଟି ବର୍ଗର ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ପ୍ରଦାନ କରାଯିବ । କୋଭିଡ-୧୯ ନିମନ୍ତେ ସତର୍କତା ଅବଲମ୍ବନ ପୂର୍ବକ ଏହି ତିନୋଟି ବର୍ଗର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ଜରିଆରେ ମତଦାନ କରିବା ପାଇଁ ନିର୍ବାଚନ କମିଶନ ଅନୁମତି ପ୍ରଦାନ କରିଛନ୍ତି । ଏହି ତିନୋଟି ବର୍ଗ ହେଲେ ୧. ବରିଷ୍ଠ ନାଗରିକ(୮୦ ବର୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷ) ୨. ଦିବ୍ୟାଙ୍ଗ ବ୍ୟକ୍ତି ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୩. କୋଭିଡ୍-୧୯ରେ ଆକ୍ରାନ୍ତ ବା କୋଭିଡ-୧୯ରେ ପୀଡିତ ହୋଇଥିବା ନେଇ ସନ୍ଦେହ କରାଯାଉଥିବା ବ୍ୟକ୍ତିବିଶେଷ । ଉପରୋକ୍ତ ତିନି ଶ୍ରେଣୀର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ପାଇଁ ଫର୍ମ-୧୨ଘ(୧୨ଡ଼) ରେ ରିଟର୍ଣ୍ଣିଂ ଅଧିକାରୀଙ୍କୁ ଆବେଦନ କରିବାକୁ ପଡିବ । ଏହି ଫର୍ମ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନେ ବଂଟନ କରିବେ । ଏହି ତିନି ଶ୍ରେଣୀର ମତଦାତାମାନେ ଫର୍ମ ପୂରଣ କରି ବି.ଏଲ.ଓ.ମାନଙ୍କୁ ଫେରସ୍ତ କରିବେ । ଏହା ପରେ ସେମାନଙ୍କ ନାମରେ ପୋଷ୍ଟାଲ ବାଲଟ୍ ଜାରି କରାଯିବ । ଦ୍ୱିତୀୟରେ ପୋଷ୍ଟାଲ ବାଲଟ୍‌ଗୁଡିକୁ ଏହି ତିନି ଶ୍ରେଣୀର ମତଦାତାଙ୍କ ପାଖରେ ଜଣେ ବି.ଏଲ.ଓ. ବା ଅନ୍ୟାନ୍ୟଅଧିକାରୀଙ୍କ ଜରିଆରେ ସେମାନଙ୍କ ଘରେ ପହଂଚାଇବାର ବ୍ୟବସ୍ଥା କରାଯିବ, ଯେଉଁଥିରେ ସେମାନେ ମତଦାନ କରିବା ସହିତ ଲଫାପାରେ ସିଲ୍ କରି ସମ୍ପୃକ୍ତ ଅଧିକାରୀମାନଙ୍କ ମାଧ୍ୟମରେ ଫେରାଇ ପାରିବେ । ତାଙ୍କ ଘରକୁ ଅଧିକାରୀମାନେ ଯାଇ ଏହାକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ଗ୍ରହଣ କରିବା ପାଇଁ ବି.ଏଲ.ଓ. କିମ୍ବା ଅନ୍ୟାନ୍ୟ ଅଧିକାରୀମାନେ ୨ଥର ମତଦାତାଙ୍କ ଘରକୁ ଯିବେ । ସେହି ୨ ଥର ମଧ୍ୟରେ ମତଦାତାମାନେ ତାଙ୍କର ପୋଷ୍ଟାଲ ବାଲଟ୍ ପୂରଣ କରି ଫେରସ୍ତ କରିବା କାର୍ଯ୍ୟ ଯେପରି ସମାପନ କରିବେ, ତାହାକୁ ସୁନିଶ୍ଚିତ କରିବେ । ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ, ବାଲେଶ୍ୱରଙ୍କ ତରଫରୁ ମତଦାତାମାନଙ୍କୁ ସୂଚୀତ କରାଯାଉଛି ଯେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ବାଧ୍ୟତାମୂଳକ ନୁହେଁ । ଦ୍ୱିତୀୟତଃ ଏହା ମଧ୍ୟ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଛି ଯେ ଥରେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ ପାଇଁ ସମ୍ମତି ପ୍ରଦାନ କରିବା ପରେ ସେହି ବ୍ୟକ୍ତିବିଶେଷ ପୋଲିଂ ବୁଥରେ ଯାଇ ଭୋଟ୍ ଦେଇପାରିବେ ନାହିଁ । ନିର୍ବାଚନ ପାଇଁ ବିଜ୍ଞପ୍ତି ଆସନ୍ତା ଅକ୍ଟୋବର ୯ତାରିଖରେ ପ୍ରକାଶ ପାଇବାକୁ ଥିବା ବେଳେ ପୋଷ୍ଟାଲ ବାଲଟ୍ ପାଇଁ ଫର୍ମ-୧୨ଘ(୧୨ଡ଼)କୁ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ) ବା ଅନ୍ୟାନ୍ୟ ଅଧିକାରୀ ୯ତାରିଖରୁ ୧୩ତାରିଖ ମଧ୍ୟରେ ଉପରବର୍ଣ୍ଣିତ ବର୍ଗର ମତଦାତାମାନଙ୍କୁ ବଂଟନ କରିବା ସହ ଦରଖାସ୍ତଗୁଡିକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ବ୍ୟବସ୍ଥାର ସୁପରିଚାଳନା ପାଇଁ ନୀଳଗିରି ଉପ-ଜିଲ୍ଲାପାଳ ଶ୍ରୀ ହରିଶ ଚନ୍ଦ୍ର ଜେନାଙ୍କୁ ନୋଡାଲ୍ଅଫିସର ଭାବେ ଦାୟିତ୍ୱଦିଆଯାଇଛି । ଏ ସମ୍ପର୍କରେ କୌଣସି ସନ୍ଦେହ ଥିଲେ ତାଙ୍କ ମୋ. ନମ୍ବର-୯୪୩୭୧୭୪୫୧୩ରେ ଯୋଗାଯୋଗ କରିବାକୁ କୁହାଯାଇଛି । ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତୀ ସମସ୍ତ ରାଜନୈତିକ ଦଳ ଓ ଜନସାଧାରଣଙ୍କୁ ସହଯୋଗ କରିବା ପାଇଁ ନିବେଦନ କରିଛନ୍ତି ।

## ରେଳବାଇ ଇଞ୍ଜିନିୟରିଂ କର୍ମଚାରୀ ପୁରସ୍କୃତ

ସମ୍ବଲପୁର,(ପିଏନ)- ସମ୍ବଲପୁର ରେଳ ମଣ୍ଡଳର ଇଞ୍ଜିନିୟରିଂ ବିଭାଗର ସମ୍ବଲପୁର ଠାରେ କାର୍ଯ୍ୟରତ ଟେକ୍‌ନିସିଆନ ଜୟ ପ୍ରକାଶ ଭକ୍ତଙ୍କ କାର୍ଯ୍ୟଦକ୍ଷତା ଓ କାର୍ଯ୍ୟ ପ୍ରତି ଉଲ୍ଲେଖନୀୟ ଯୋଗଦାନ ପାଇଁ ପୁରସ୍କୃତ କରାଯାଇଅଛି । ତାଙ୍କର କର୍ତବ୍ୟ ନିଷ୍ଠା ଓ ସମର୍ପଣ ମାନ୍ୟତା ସ୍ୱରୂପ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର ପ୍ରମାର ପତ୍ର ସହ ନଗଦ ରାଶି ଦେଇ ସମ୍ମାନିତ କରିଥିଲେ । ଏହି ଅବସରରେ ବରିଷ୍ଠ ମଣ୍ଡଳ ଇଞ୍ଜିନିୟର (ସମନ୍ୱୟ) ଜୟନ୍ତ କୁମାର ଖମାରୀ, ମଣ୍ଡଳ ଇଞ୍ଜିନିୟର (ମଧ୍ୟ) ସରୋଜ କାନ୍ତ ଦାସ ଉପସ୍ଥିତ ଥିଲେ ।

## ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି । ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ । ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସି ର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି । ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି ।

## ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଲବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍‌ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନୱର, ସେକ୍ ସିକ୍‌ରୁ, ଗେଜ ମୁଣ୍ଡା, ମ ୁ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

## କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୁଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଳଦା,ଫୁଲଝର,କୁମ୍ଭି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୂଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭି ିହୀନ ଅଭିଯୋଗ କରି କାରଖାନା କ ୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ େଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା କୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

## ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

## ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୁପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

## ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତ୍ରୁଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗୀ ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟ୍ଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟ୍ଟସାହି ସମେତ ନଦୀଗାଁ, ଦଲାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁର୍ପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୂକ୍ତ କରାଗଲା । ଏହି ର୍ୟାକେଡ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧ୍ୟକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଲିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ଖେଳ ପର୍ଯ୍ୟବେକ୍ଷକ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

Bhubaneswar Monday March 31 | ଭୁବନେଶ୍ୱର | ସୋମବାର, ମାର୍ଚ୍ଚ ୩୧, ୨୦୨୫ | Daily Edition : R.N.I.No: ODIODI /1999/00717 | Postal Regd. No: BN/57/18-20 | www.paryabekhyak.com



# ଅସହାୟ ପରିବାରକୁ କିସ ଫାଉଣ୍ଡେସନର ସହାୟତା : ସାଧୁବାଦ ଜଣାଇଲା ବ୍ୟାସ ଫାଉଣ୍ଡେସନ



ପାରାଦୀପ,(ପି.ଏନ): ଜଗତସିଂହପୁର ଜିଲ୍ଲାର ଏରସମା ବ୍ଲକ ଅଧିନସ୍ଥ ଭିତରଅନ୍ଧାରି ପଞ୍ଚାୟତ ର ବଉଳପଡ଼ା ଗ୍ରାମରେ ୭୦ ବର୍ଷୀୟା ଛବି ବେଓ୍ବା ଦୀର୍ଘ ୩୭ ବର୍ଷ ହେବ ସ୍ୱାମୀଙ୍କୁ ହରାଇ କର୍ମକୁ ଆଦରି ଦୁଇ ଝିଅ ଓ ୬ ନାତିନାତୁଣୀ ଙ୍କୁ ନେଇ ଜୀବନ ଯୁଧରେ ସଂଗ୍ରାମ କରି ଚାଲିଥିଲେ । ଏହି ଖବର ପାଇ ବ୍ୟାସ ଫାଉଣ୍ଡେସନ ର ଅଧକ୍ଷା ସ୍ନେହମୟୀ ଆଚାର୍ଯ୍ୟ ଏବଂ ତାଙ୍କର ସହଯୋଗୀ ଉକ୍ତ ପରିବାରକୁ ଭେଟି ସହଯୋଗର ହାତ ବଢ଼େଇ ଥିବା ବେଳେ ସରକାର ଓ ସ୍ୱେଚ୍ଛାସେବୀ ଅନୁଷ୍ଠାନ, ବଦାନ୍ୟ ବ୍ୟକ୍ତି ବିଶେଷ ମାନଙ୍କୁ ଏହି ଦୁସ୍ଥ ପରିବାରକୁ ସାହାଯ୍ୟ କରିବାକୁ ନିବେଦନ କରିଥିଲେ । ତେବେ ଏ ଖବର ବିଭିନ୍ନ ଗଣମାଧ୍ୟମରେ ପ୍ରକାଶ ପାଇଲା ପରେ କିସ ଫାଉଣ୍ଡେସନ ଇଣ୍ଡିଆ ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ପ୍ରଭାବିତ ହୋଇ ଏହି ପରିବାରର ସମସ୍ତ ନାତିନାତୁଣୀ ଙ୍କ ଶିକ୍ଷା ପାଇଁ ଆବଶ୍ୟକ ବ୍ୟବସ୍ଥା କରିଛନ୍ତି । ସେମାନଙ୍କ ପାଠ ପଢିବା ପାଇଁ କିସ ଫାଉଣ୍ଡେସନ ପକ୍ଷରୁ ଚଳିତ ମାସ ଠାରୁ ଆସନ୍ତା ୫ ବର୍ଷ ପର୍ଯ୍ୟନ୍ତ ମାସିକ ୧୦ ହଜାର ଟଙ୍କା ଲେଖାଏଁ ଆର୍ଥିକ ସହାୟତା ଏହି ପରିବାରର ବ୍ୟାଙ୍କ ଆକାଉଣ୍ଟ ମାଧ୍ୟମରେ ପ୍ରଦାନ କରାଯିବ । ଏଥିସହିତ ଜଣେ ଝିଅ ତାଙ୍କ ଯୋଗ୍ୟତା ଅନୁସାରେ କିସ ରେ ଚାକିରୀ କରିବାର ବ୍ୟବସ୍ଥା କରାଯାଇଥିବା ନେଇ କିସ ର ମୁଖ୍ୟ ଶ୍ରୀ ସାମନ୍ତ ଏକ ପତ୍ର ମାଧ୍ୟମରେ ଉକ୍ତ ପରିବାରକୁ ସୂଚନା ଦେଇଛନ୍ତି । ତେବେ କିସ ର ଏପରି ସହଯୋଗ ପାଇଁ ଗ୍ରାମବାସୀଙ୍କ ମଧ୍ୟରେ ଆନନ୍ଦ ପ୍ରକାଶ ପାଇଥିବା ବେଳେ ଶ୍ରୀ ସାମନ୍ତଙ୍କ ବଦାନ୍ୟତା ପାଇଁ ବ୍ୟାସ ଫାଉଣ୍ଡେସନ ର ଅଧକ୍ଷା ସ୍ନେହମୟୀ ଆଚାର୍ଯ୍ୟ,ଉପ ସଭାନେତ୍ରୀ ରଶ୍ମିତା ନାୟକ,ସଭ୍ୟ ସଂଗ୍ରାମ ନାୟକ,ମନୋଜ ପ୍ରଧାନ କୃତଜ୍ଞତା ଜଣାଇବା ସହିତ ଗଣମାଧ୍ୟମର ସହଯୋଗ ପାଇଁ ସମସ୍ତଙ୍କୁ ସାଧୁବାଦ ଜଣାଇଛନ୍ତି ।

# ମିଲେଟମୋର ପକ୍ଷରୁ ମାଣ୍ଡିଆ ଜନିତ ଖାଦ୍ୟ ପ୍ରସ୍ତୁତି ପ୍ରଶିକ୍ଷଣ ଶିବିର ଉଡାଣ




ଭୁବନେଶ୍ୱର,(ପି.ଏନ): ଶରୀରକୁ ସୁସ୍ଥ ରଖିବା ପାଇଁ ଶାରୀରିକ ପରିଶ୍ରମ ଓ ବେୟାମର ଯେତିକି ଆବଶ୍ୟକତା ରହିଛି ତାଠାରୁ ଅଧିକ ଆବଶ୍ୟକତା ରହିଛି ଉପଯୁକ୍ତ ଖାଦ୍ୟ ପଦାର୍ଥ ଗ୍ରହଣ କରିବା ଉପରେ। ସାଧାରଣ ଜୀବନ ଶୈଳୀରେ ଲୋକମାନେ ଚାଉଳ, ଗହମକୁ ମୁଖ୍ୟ ଖାଦ୍ୟ ଭାବରେ ବ୍ୟବହାର କରୁଥିବା ବେଳେ ବ ର୍ମାନ ମିଲେଟ ବା ମାଣ୍ଡିଆକୁ ଏଥିରେ ସାମିଲ କରିଛନ୍ତି। ମାଣ୍ଡିଆ ସ୍ୱାସ୍ଥ୍ୟ ଉପଯୋଗୀ ଓ ଭିଟାମିନ ଯୁକ୍ତ ହୋଇଥିବାରୁ ବଜାରରେ ଏହାର ଚାହିଦା ବଢିବାରେ ଲାଗିଛି। ରାଜ୍ୟ ସରକାରଙ୍କ ପକ୍ଷରୁ ମାଣ୍ଡିଆ ଉତ୍ପାଦନ ବୃଦ୍ଧି, ଉଦ୍ୟୋଗ ସୃଷ୍ଟି ଓ ଏଥିରୁ ବିଭିନ୍ନ ଖାଦ୍ୟ ପଦାର୍ଥ ପ୍ରସ୍ତୁତି ପାଇଁ ପ୍ରତ୍ସାହନ ଯୋଗାଇ ଦିଆଯାଉଛି। ଏହାକୁ ଦୃଷ୍ଟିରେ ରଖି ମିଲେଟମୋର ଆଗ୍ରୋ ଇଣ୍ଡଷ୍ଟ୍ରିଜ ପକ୍ଷରୁ ଇସେଟି ସ୍ଥିତ ଓ-ହବରେ ଏକ ଶହରୁ ଉର୍ଦ୍ଧ୍ୱ ଏସଏଚଜି ଓ ଏଫପିଓ ମହିଳା ଉଦ୍ୟୋଗୀଙ୍କୁ ନେଇ ମାଣ୍ଡିଆ ଜନିତ ଖାଦ୍ୟ ପ୍ରସ୍ତୁତି ପ୍ରଶିକ୍ଷଣ ଶିବିର ଉଡାଣ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ପ୍ରତିଷ୍ଠାତା ତଥା ଯୁବ ଉଦ୍ୟୋଗୀ ବ୍ରଜକିଶୋର ସ୍ୱାଇଁ ଯୋଗଦେଇ କହିଥିଲେ ପୂର୍ବରୁ ଓଡିଶାର ଲୋକମାନେ ମାଣ୍ଡିଆକୁ କେବଳ ଜାଉ ଭାବରେ ବ୍ୟବହାର କରୁଥିଲେ। ବ ର୍ମାନ ସ୍ଥିତି ବଦଳି ଯାଇଛି। ଓଡିଶାରେ ମାଣ୍ଡିଆରୁ ବିଭିନ୍ନ ପ୍ରକାର ରୁଚିପୂର୍ଣ୍ଣ ଖାଦ୍ୟ ମିଠା, ପିଠା ବିସ୍କୁଟ, ଲଡ୍ଡୁ, ନୁଡୁଲ୍ସ, କେକ୍ ଓ ବ୍ରେଡ ଇତ୍ୟାଦି ପ୍ରସ୍ତୁତ ହୋଇ ପାରୁଛି। ଏହି ଉତ୍ପାଦ ବିଶ୍ୱ ବଜାରରେ ନିଶ୍ଚିତ ଆଦର ଲାଭ କରିବ। ଓଡିଶାର ଚାଷୀ ଓ ମହିଳା ମାନଙ୍କୁ ଆତ୍ମନିର୍ଭରଶୀଳ ଓ ସ୍ୱାବଲମ୍ବୀ କରିବା ଆମର ମୁଖ୍ୟ ଉଦ୍ଦେଶ୍ୟ ରହିଛି। ନିର୍ଦ୍ଦେଶକ ସୁଶିଲ କୁମାର ଦାସ, ସାଧାରଣ ପରିଚାଳକ ଶ୍ରୀଶ୍ ଲେଙ୍କା, ବ୍ୟବସାୟ ସହଭାଗୀ ସୁମିତ୍ରା ସାହୁ ଅଂଶଗ୍ରହଣ କରି ଭବିଷ୍ୟତରେ ୫୦୦ରୁ ଉର୍ଦ୍ଧ୍ୱ ଏଫପିଓ ସହିତ ଯୋଡି ହେବାକୁ ଯୋଜନା ପ୍ରସ୍ତୁତ କରିଥିବା କହିଥିଲେ। କାର୍ଯ୍ୟକ୍ରମରେ ମହିଳା ଉଦ୍ୟୋଗୀମାନଙ୍କୁ ବିଭିନ୍ନ ଖାଦ୍ୟ ପ୍ରଦାର୍ଥ ପ୍ରସ୍ତୁତି ପ୍ରଣାଳୀ ପ୍ରଶିକ୍ଷଣ ଦିଆଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଆଗ୍ରୋଦ୍ୟାନ ନିର୍ଦ୍ଦେଶକ ହର ପ୍ରସାଦ, ମହିରା ଫାର୍ମର ପ୍ରଡ୍ୟୁସର ନିର୍ଦ୍ଦେଶକ କୁମୁଦିନୀ ସ୍ୱାଇଁ, ସ୍ମାଇଲ ଫାଉଣ୍ଡେସନ ନିର୍ଦ୍ଦେଶକ ଆଶିଷ ଝା ଓ ସୀମା ଆଗ୍ରୋ ଫୁଡ ଉଦ୍ୟୋଗର ପ୍ରଭାକର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

# ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ଫୁଲବାଣୀର କୃତିତ୍ୱ

ଫୁଲବାଣୀ,(ପି.ଏନ): ଚଳିତ ଶିକ୍ଷାବର୍ଷ ୨୦୨୩-୨୪ ସରକାରୀ ବୃତ୍ତି (୩ୟ, ୫ମ ଓ ନବମ ଶ୍ରେଣୀ)ର ଫଳାଫଳ ସରକାରଙ୍କ ଦ୍ୱାରା ଘୋଷଣା କରାଯାଇଛି। ଉକ୍ତ ପରୀକ୍ଷାରେ ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ୩ୟ ଶ୍ରେଣୀ ଛାତ୍ର ସ୍ୱସ୍ତିକ ସ୍ୱରାଜ ରାଉତ ୧ ମ ସ୍ଥାନ ଅଧିକାର କରିଥିବା ବେଳେ ବିସ୍ମୟ ସ୍ୱରାଜ ଦିଗାଲ ତୃତୀୟ ସ୍ଥାନ, ପ୍ରିୟମ୍ବଦା ବିନ୍ଧାଣୀ ଚତୁର୍ଥ ସ୍ଥାନ, ସାଇ ସ୍ନେହା ସାହୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି । ସେହିପରି ୫ ମ ଶ୍ରେଣୀର ନିଖିଳେଶ ସାହୁ ୧ ମ ସ୍ଥାନ ଅଧିକାର କରିଥିବା ବେଳେ ସ୍ୱାଧୀନ ସାହୁ ଦ୍ୱିତୀୟ ସ୍ଥାନ, ଆଦ୍ୟାଶା କହଁର ଚତୁର୍ଥ ସ୍ଥାନ ଓ ଆଦ୍ୟାଶା ମହାକୁଡ ଷଷ୍ଠ ସ୍ଥାନ କରିଛନ୍ତି । ସେହିଭଳି ଏନ ଆର ଟି ଏସ ରେ ନବମ ଶ୍ରେଣୀର ଅନ୍‌ବେଷା ସାହୁ ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ ଅର୍ପିତା ଲହରିଆ ଦ୍ୱିତୀୟ ସାଇ ଶ୍ରିୟା ସାହୁ ତୃତୀୟ, ଅଭିଲିପ୍ସା ମଲ୍ଲିକ ପଞ୍ଚମ, ବି. ବିଷ୍ଣୁପ୍ରିୟା ଷଷ୍ଠ ଓ ସ୍ୱସ୍ତିକ ସାହାଣୀ ସପ୍ତମ ସ୍ଥାନ ଅଧିକାର କରି ଅନୁଷ୍ଠାନକୁ ଗୌରବାନ୍ୱିତ କରିଛନ୍ତି। ଉକ୍ତ କୃତି ଛାତ୍ରଛାତ୍ରୀଙ୍କ ପଶ୍ଚାଦ ପଟରେ ଥିବା ଶୁଭେଚ୍ଛୁ ଆଚାର୍ଯ୍ୟ, ଆଚାର୍ଯ୍ୟା, ଅଭିଭାବକ, ଅଭିଭାବିକା ତଥା ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ରାଜେନ୍ଦ୍ର କୁମାର ପାଢ଼ୀଙ୍କୁ ପରିଚାଳନା କମିଟି ତରଫରୁ ଯଥେଷ୍ଟ କୃତଜ୍ଞତା ଜ୍ଞାପନ କରିବା ସହିତ ଉକ୍ତ ଛାତଛାତ୍ରୀଙ୍କ ଉତ୍ତରୋତ୍ତର ଉନ୍ନତି କାମନା କରାଯାଇଛି।

# ଆଧ୍ୟାତ୍ମିକ ଗୁରୁ ଶ୍ରୀ ଶ୍ରୀ ରବିଶଙ୍କରଙ୍କ ପାରାଦୀପ ଆଗମନ ନେଇ ପ୍ରାକ ପ୍ରସ୍ତୁତି




ପାରାଦୀପ,(ପି.ଏନ): ବିଶ୍ୱପ୍ରସିଦ୍ଧ ଆଧ୍ୟାତ୍ମିକ ତଥା ସଦଗୁରୁ ଶ୍ରୀ ଶ୍ରୀ ରବିଶଙ୍କରଙ୍କ ବହୁ ପ୍ରତିକ୍ଷୀତ ପାରାଦୀପ ଆଗମନ ଏହି ବର୍ଷ ଶେଷ ସୁଦ୍ଧା ହୋଇପାରେ ବୋଲି ଜଣାପଡ଼ିଛି । ଏହି ପରିପ୍ରେକ୍ଷୀରେ ବାଙ୍ଗାଲୋର ରୁ ଓଡ଼ିଶା ଗସ୍ତ ରେ ଆସିଥିବା 'ବ୍ୟକ୍ତି ବିକାଶ କେନ୍ଦ୍ର' ଇଣ୍ଡିଆ ର ପ୍ରକଳ୍ପ ସଂଯୋଜକ ଦେବଜ୍ୟୋତି ପାରାଦୀପ ଗସ୍ତରେ ଆସିବା ସହ ସୂଚନା ଦେଇ କହିଛନ୍ତି ଯେ ୨୦୦୦ ମସିହାରୁ ଜଗତସିଂପୁର ଜିଲ୍ଲାରେ ବିଭିନ୍ନ ପଞ୍ଚାୟତରେ ଶ୍ରୀଶ୍ରୀ ଙ୍କ ପ୍ରତିଷ୍ଠିତ ବ୍ୟକ୍ତି ବିକାଶ କେନ୍ଦ୍ର ଦ୍ୱାରା ବହୁ ସାମାଜିକ ସେବା କାର୍ଯକ୍ରମ ଆରମ୍ଭ କରାଯାଇଥିଲା କ୍ଷ ପାରାଦୀପ ତଥା ଆଖପାଖ ଅଞ୍ଚଳରେ ଶ୍ରୀଶ୍ରୀ ଙ୍କ ଆର୍ଟ ଅଫ ଲିଭିଙ୍ଗ ର ବରିଷ୍ଠ ପ୍ରିଶିକ୍ଷକ ତଥା ଯୋଗଗୁରୁ ମାନଙ୍କ ଦ୍ୱାରା ଘରେ ଘରେ ଯୋଗ ,ଧ୍ୟାନ, ପ୍ରକ୍ଷଣାୟମ କୁ ପହଞ୍ଚ ?ଇବାର ଭୂମିକା ରହିଥିଲା କ୍ଷ କୋଭିଡ ସମୟରେ ନିଶୁଳ୍କ ଆୟୁର୍ବେ ?ଦ ତଥା ଅନ୍ଲାଇନ ଯୋଗ ସେବା ଦେବା ସହ ସମୟ ସମୟରେ ନିଶାମୁକ୍ତ କାର୍ଯକ୍ରମ ତଥା ବହୁବୃକ୍ଷରୋପଣ କାର୍ଯ୍ୟକ୍ରମ ମଧ୍ୟ କରା ଯାଇଛି ବୋଲି ସେ ସୂଚନା ଦେଇଥିଲେ । ଶ୍ରୀଶ୍ରୀ ରବିଶଙ୍କରଙ୍କ ପାରାଦୀପ ଗସ୍ତ ପୂର୍ବରୁ ବ୍ୟକ୍ତି ବିକାଶ କେନ୍ଦ୍ରର ତତ୍ୱାବଧାନରେ ଆହୁରି ଅନେକ ସେବା ମୂଳକ କାର୍ଯ୍ୟକ୍ରମ ସବୁ ବର୍ଗ ର ଲୋକ ଙ୍କ ପାଇଁ ଉପଲବ୍ଧ କରାଇବା ପାଇଁ ବିଭିନ୍ନ ଅନୁଷ୍ଠାନ ଓ ପ୍ରତିଷ୍ଠାନ ସହ ସେ ଆଲୋଚନା କରିଥିଲେ । ପରିଶେଷରେ ପାରାଦୀପ ବନ୍ଦର ର ଅଧକ୍ଷ ପି.ଏଲ୍. ହରନାଦ ଓ ଉପକ୍ଷଧକ୍ଷ ନୀଳାଭ୍ର ଦାସଗୁପ୍ତା ଙ୍କୁ ଭେଟି ଏହି ବର୍ଷ ଶେଷସୁଦ୍ଧା ଗୁରୁଦେବ ଶ୍ରୀ ଶ୍ରୀ ରବିଶଙ୍କର ଙ୍କ ଗସ୍ତ ହୋଇପାରେ ବୋଲି ଦେବଜ୍ୟୋତି ସୂଚନା ଦେଇଥିଲେ । ବକ୍ଷଙ୍ଗକ୍ଷଲେକ୍ଷର ଆନ୍ତର୍ଜାତୀୟ କେନ୍ଦ୍ର ରୁ ଆସିଥିବା ଶ୍ରୀ ଦେବଜ୍ୟୋତି ଙ୍କୁ ସହଯୋଗ କରିଥିଲେ ପାରାଦୀପ ସ୍ଥିତ ଆର୍ଟ ଅଫ ଲିଭିଙ୍ଗ ର ବରିଷ୍ଠ ପ୍ରଶିକ୍ଷକ ତାପସ ପତି, କାଳୀ ପ୍ରସାଦ ମିଶ୍ର ଓ ସୁଶାନ୍ତ କୁମାର ସେଠୀ ।

# ମୋହନଦାସ କରମଚାନ୍ଦ ଶିକ୍ଷାନିକେତନର ବାର୍ଷିକ ଉତ୍ସବ



ଫୁଲବାଣୀ,(ପି.ଏନ): ମୋହନଦାସ କରମଚାନ୍ଦ ଶିକ୍ଷାନିକେତନର ୧୬ ତମ ବାର୍ଷିକ ଉତ୍ସବ ଆନନ୍ଦ ଉଲ୍ଲାସ ମଧ୍ୟରେ ପାଳିତ ହୋଇଯାଇଛି। ଏହି ଅବସରରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଜିଲ୍ଲା ସଂସ୍କୃତି ଅଧିକାରୀ ଶ୍ରୀ ଅକ୍ଷୟ କୁମାର ସେଠୀ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଥିବା ସୃଜନଶୀଳ ମନୋଭାବର ବିକାଶରେ ଅଭିଭାବକ ଓ ଶିକ୍ଷକ ସମାଜର ଗୁରୁ ଦାୟିତ୍ୱ ରହିଥିବା ସଂପର୍କରେ ଆଲୋଚନା କରିଥିଲେ। ମୁଖ୍ୟ ବକ୍ତା ରୂପେ ଯୋଗଦେଇ ଅତିରିକ୍ତ ବ୍ଲକ୍ ? ଶିକ୍ଷାଅଧିକାରୀ ଶ୍ରୀ ଅମୂଲ୍ୟ କୁମାର ଜେନା ପିଲାଙ୍କ ପାଇଁ ଶୈକ୍ଷିକ ବାତାବରଣ ସୃଷ୍ଟି ଦିଗରେ ମୋବାଇଲ ଫୋନ୍ ?ର କୁପ୍ରଭାବ ସମ୍ପର୍କରେ ଅଭିଭାବକଙ୍କୁ ସତର୍କ କରିଥିଲେ। କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରି ବରିଷ୍ଠ ଆଇନଜୀବୀ ତଥା ଅନୁଷ୍ଠାନ ସଭାପତି ବିଜୟକୃଷ୍ଣ ପଟ୍ଟନାୟକ ଅଭିଭାବକ ଶିଶୁଙ୍କ ସହ ଅଧିକ ଆଳାପ କରିବା ସହ ସେମାନଙ୍କ ମଧ୍ୟରେ ଆତ୍ମ ବିଶ୍ୱାସ ବୃଦ୍ଧି ପାଇଁ ବିଭିନ୍ନ ପଦକ୍ଷେପ ନେବା ଆବଶ୍ୟକ ବୋଲି ମତ ପ୍ରକାଶ କରିଥିଲେ। ସଂପାଦକ ଶ୍ରୀ ଶରତଚନ୍ଦ୍ର ସାହୁ ସଂପାଦକୀୟ ବିବରଣୀ ପାଠ କରିଥିଲେ ଏବଂ ଉପସଭାପତି ଶ୍ରୀ ଅଶୋକ ମିଶ୍ର ସ୍ୱାଗତ ଭାଷଣ ଦେଇଥିଲେ। ଉକ୍ତ ଦିନ ୧୧ ଘଣ୍ଟିକାରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ କୁଇଜ୍ ?, ନୃତ୍ୟ, ସଂଗୀତ ପ୍ରତିଯୋଗିତା ସହ ଅଭିଭାବକଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ସର୍ବଶ୍ରୀ ବିଜୟ ମହାନ୍ତି,ପ୍ରତାପ ପାତ୍ର, ସଂଗ୍ରାମ ସିଂ ପଟ୍ଟନାୟକ, ପ୍ରଭାତ ଦାସ୍ ?,ସଚ୍ଚିଦାନନ୍ଦ ମହାପାତ୍ର, ପ୍ରସନ୍ନ ବିଷୋୟୀ,ବିପିନ୍ ପଟ୍ଟନାୟକ, ସତ୍ୟବ୍ରତ ପାତ୍ର, ସନାତନ ମିଶ୍ର,ଶରତ ପଟ୍ଟନାୟକ,ଶଶୀଭୂଷଣ ପ୍ରଧାନ, ଗୋପୀନାଥ ରାଉତ,ଶିବପ୍ରସାଦ ଓ ବାଦ୍ୟଯନ୍ତ୍ର ବିଶାରଦ ମନୋଜ କୁମାରଙ୍କ ସହ ଅନେକ ଅଭିଭାବକଙ୍କ ସହଯୋଗରେ କାର୍ଯ୍ୟକ୍ରମ ବେଶ୍ ? ମନଛୁଆଁ ହୋଇଥିଲା।ଶେଷରେ ଅନୁଷ୍ଠାନର ଛାତ୍ରଛାତ୍ରୀଙ୍କ ନୃତ୍ୟ ପରିବେଷଣ ବେଶ୍ ଚ୍ଚିତାକର୍ଷକ ହୋଇଥିଲା।






Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-7510 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-7515, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray